# ଜନ୍ମାଷ୍ଟମୀ

## janmAShTamI



ଜନ୍ମାଷ୍ଟମୀ

*Festivals of Odisha #**104***
***ver 1.0_091507***

*Publisher :- www.odia.org*
*Price :- Priceless*

*Not for any business use*

# ଭାଗବତର ଦଶମ ସ୍କନ୍ଧ
# (ଗୋପଲୀଳା)

ନାରାୟଣଂ ନମସ୍କୃତ୍ୟ ନରଂ ଚୈବ ନରୋତ୍ତମମ୍ ।
ଦେବୀଂ ସରସ୍ୱତୀଂ ବ୍ୟାସଂ ତତୋ ଜୟମୁଦୀରୟେତ୍ ।
ମୂକଂ କରୋତି ବାଚାଳଂ ପଙ୍ଗୁଂ ଲଙ୍ଘୟତେ ଗିରିମ୍ ।
ଯତ୍‌କୃପା ତମହଂ ବନ୍ଦେ ପରମାନନ୍ଦମାଧବମ୍ ।।

*ନିଗମ କଳ୍ପତରୋର୍ଗଳିତଂ ଫଳଂ ଶୁକମୁଖାଦମୃତଦ୍ରବସଂଯୁତମ୍ ।*
*ପିବତ ଭାଗବତଂ ରସମାଳୟଂ ମୁହୁରହୋ ରସିକାଭୁବିଭାବୁକାଃ ।*

ବନ୍ଦଇ ଦେବ ଲମ୍ବୋଦର । ପାଶ ଅଙ୍କୁଶ ବେନିକର ।।୧
ପୃଥୁଳ ଜଠର ସୁନ୍ଦର । ଗଜବଦନ ଗଣେଶ୍ୱର ।।୨
ଅନାଦି ନାଥର ନନ୍ଦନ । ଅମୃତପାନେ ତୋଷମନ ।।୩
ଯଜ୍ଞ ଆରମ୍ଭେ ତୋର ପୂଜା । ଉତ୍ତରୀ କଣ୍ଠେ ନାଗରାଜ ।।୪
ଶ୍ୟାମସୁନ୍ଦର ତନୁବର୍ଣ୍ଣ । ଅଶେଷ ବିଘ୍ନ-ବିନାଶନ ।।୫
ତୁମ୍ଭର ଜନକ ଜନନୀ । ଜଗତ ଜନକ ଜନନୀ ।।୬
ତୋର ମହିମା ମୁଖେକହି । କେ ପାରେ ନରଦେହ ବହି ।।୭
ହୁଅ ସଦୟ ଗଣନାଥ । କହିବି ଶ୍ରୀକୃଷ୍ଣ ଚରିତ ।।୮
ନମଇଁ ପ୍ରଭୁ ନରହରି । ହିରଣ୍ୟକଶିପୁ ବିଦାରି ।।୯
ଉଦିତ ରବି ଜିଣି ତେଜ । ସୁନ୍ଦର ଶୋହେ ଚତୁର୍ଭୁଜ ।।୧୦
କୁଣ୍ଡଳ ଶଶୀ ଦିନକର । ନକ୍ଷତ୍ର ମାଳା ହୃଦେହାର ।।୧୧
ବ୍ରହ୍ମାଣ୍ଡ ମାଳମାଳ ହୋଇ । ତୋ ଲୋମକୂପେ ଛନ୍ତି ରହି ।।୧୨
ଧର୍ମପାଳକ ତୁ ଜଗତେ । ଶରୀର ବହୁ ପ୍ରାଣୀ ହିତେ ।।୧୩
ଦୁଷ୍ଟ ନିବାରି ସନ୍ଥ ପାଳୁ । ତୁ ନାଥ ପରମ ଦୟାଳୁ ।।୧୪
କର ସୁଦୟା ନରହରି । ତୋ ଲୀଳା କହିବି ବିସ୍ତାରି ।।୧୫
ପରମ ମଙ୍ଗଳ ତୋ' ନାମ । ଖଣ୍ଡେ ସକଳ ବିଘ୍ନମାନ ।।୧୬
ଏଣୁ ମୋହର ନାହିଁ ଭୟେ । ଯାହାର ନାମ ଯମଜୟେ ।।୧୭
ବ୍ୟାସକୁମର ପାଦ ଧରି । ବୋଲେ ପରୀକ୍ଷ-ଦଣ୍ଡଧାରୀ ।।୧୮

### ପରୀକ୍ଷିତ ଉବାଚ

ଭୋମୁନି ହୋଇବା ସଦୟେ । ମୋ ଚିତ୍ତ ରହୁ କୃଷ୍ଣପାୟେ ।।୧୯
ପାଣ୍ଡବ କୁଳେ ମୋର ଜନ୍ମ । ମୋହାର ବନ୍ଧୁ ଜନାର୍ଦ୍ଦନ ।।୨୦
ଦ୍ରୋଣ କୁମର ବାଣ-ତ୍ରାସେ । ମରିବି କହିଗଲେ ବ୍ୟାସେ ।।୨୧
ତା' ଶୁଣି ଜନନୀ ମୋହର । ଶରଣ ଗଲା ଚକ୍ରଧର ।।୨୨
ଗର୍ଭେ ପଡ଼ନ୍ତେ ଆସି ବାଣ । ମୋତେ ରଖିଲେ ନାରାୟଣ ।।୨୩
ତେଣୁ କୃଷ୍ଣ ଏ ଶରୀରର । କିଣିଲା ସେବକ ମୁଁ ତା'ର ।।୨୪
ତା'ର ଚରିତ କର୍ଣ୍ଣେ ଶୁଣି । ତରିବି ଭବ- ତରଙ୍ଗିଣୀ ।।୨୫
ଶ୍ରୀକୃଷ୍ଣ ଲୀଳାର ଚରିତ । ମୁଖ-ପଙ୍କଜୁଁ ତୋ'ର ଜାତ ।।୨୬
ଶ୍ରୁତି ଯୁଗଳେ ପାନ କରି । ହେଲେ ତରିବି ଭବ-ବାରି ।।୨୭
ପାଣ୍ଡବେ ଯାହାର ବିଶ୍ୱାସୁ । ତରିଲେ କୁରୁବଳ-ତ୍ରାସୁ ।।୨୮
ବତ୍ସାଚରଣ-ଜଳ ତୁଲ୍ୟେ । ହେଲେ ତରିଲେ କୁରୁବଳେ ।।୨୯
ସେ ହରିଚରିତ ଗହନ । ଧ୍ୟାନେ ଭାବନ୍ତି ମୁନିଜନ ।।୩୦
ଭବସାଗର ପରମାଦ । ବିଷୟା ବିଷକୁ ଏ ଗଦ ।।୩୧
ଚଣ୍ଡାଳୁ ବ୍ରହ୍ମଯାଏ ଲୋକ । କେ ଶୁଣି ହୋଇବ ବିମୁଖ ।।୩୨
ଅଶେଷ ଜନ୍ତୁ ଦେହ ବହି । ଯେ କାଳରୂପେ ଅଛି ରହି ।।୩୩
ମାୟା ମନୁଷ୍ୟ ରୂପେ ଜାତ । ସଂହାରି ପାଳଇ ଜଗତ ।।୩୪
ମୃତ୍ୟୁ ଅମୃତ୍ୟୁ ବେନି ଦେଇ । ନିତ୍ୟେ ନିର୍ମଳ ଯା'ର ଦେହୀ ।।୩୫
ନବମସ୍କନ୍ଧେ ମୁହିଁ ଶୁଣି । ସେ କଥା ମନେ ମନେ ଗୁଣି ।।୩୬
ବିଚାର କଲି ଭ୍ରମଚିତ୍ତ । ଭୋ ମୁନି କହିବା ତଦନ୍ତ ।।୩୭
ଶ୍ରୀଭାଗବତର ସିଦ୍ଧାନ୍ତ । ଅମୃତ ରସମୟ ଗୀତ ।।୩୮
ଧାର୍ମିକ କୁଳେ ଯଦୁବଂଶେ । ଜନ୍ମ ହୋଇଲେ ନିଜ ଅଂଶେ ।।୩୯
ନୀଳ ଧବଳ ରୂପ ଦୁଇ । ଦେବକୀ ଗର୍ଭେ ଜାତ ହୋଇ ।।୪୦
କେମନ୍ତେ ରୋହିଣୀର ସୁତ । ରାମକୁ ବୋଲନ୍ତି ଜଗତ ।।୪୧
ବେନି ଉଦରୁ ଏକ ଦେହ । ଭୋ ମୁନି ଫେଡ଼ିବା ସନ୍ଦେହ ।।୪୨
କେବଣ ହେତୁ ଭଗବାନ । ଗୁପତେ ଗଲେ ବୃନ୍ଦାବନ ।।୪୩
ଭକତ ତାରିବାର ଆଶେ । ରମିଲେ ବାଳକ ବିଶ୍ୱାସେ ।।୪୪
ପୁଣି କେତେହେଁ ଦିନେ ହରି । ମିଳିଲେ ମଥୁରା ନଗରୀ ।।୪୫
ଜଗତଜନଙ୍କର ଗୁରୁ । ଯା'ର ମହିମା ମହାମେରୁ ।।୪୬
କିମ୍ବା ଅନୀତି ଆଚରିଲେ । ସୋଦର ମଉଳା ମାଇଲେ ।।୪୭
ଏ କି ତାହାଙ୍କ ପରମାଣ । ଯାହାଙ୍କ ନାମ ନାରାୟଣ ।।୪୮

ମନୁଷ୍ୟ ରୂପେ ହୋଇ ଜନ୍ମ । କେତେ ବରଷ ଭୋଗକର୍ମ ।।୪୯

ଯାଦବ ସଙ୍ଗତେ ବିହରି । କେତେ କଳତ୍ର ଭୋଗକରି ।।୫୦

ଏ ଆଦି ଯେତେକ ଚରିତ । ଭୋ ମୁନି କହି ତୋଷ ଚିତ୍ତ ।।୫୧

ଦେଖି ମରଣକାଳ ମୋର । ଭୋ ମୁନି ତେଜିଲି ଆହାର ।।୫୨

ହରିଚରିତ ସୁଧା-ବାରି । ତୋର ବଦନୁଁ ପାନ କରି ।।୫୩

ଜଗତ ସଂହାରିଣୀ କ୍ଷୁଧା । ସେ ମୋତେ ନ କରଇ ବାଧା ।।୫୪

### ସୂତ ଉବାଚ

ଶୁଣି ରାଜାର ସାଧୁ କଥା । ମୁନି-ପଣ୍ଡିତ ଶୁଦ୍ଧଚେତା ।।୫୫

କୃଷ୍ଣ ଚରଣେ ଦେଇ ଚିତ୍ତ । ବୋଲନ୍ତି ଶୁଣ ଭାଗବତ ।।୫୬

### ଶୁକ ଉବାଚ

ସାଧୁ ଚରିତ ତୋ'ର ବୁଦ୍ଧି । କୃଷ୍ଣଚରଣେ ଚିତ୍ତ ଖେଦି ।।୫୭

ଗୋବିନ୍ଦେ ତୋ'ର ମନ ଯେତେ । ମୁଁ କହି ପାରିବିକି ତୋତେ ।।୫୮

ଗୋବିନ୍ଦ କଥା ପରଶନ । ହେଲେ ତାରଇ ତିନିଜଣ ।।୫୯

ଶ୍ରୋତା ବକତା ଯେ ପଚାରି । ଏ ତିନିଜଣେ ଯା'ନ୍ତି ତରି ।।୬୦

ତା' ପାଦ ଗଙ୍ଗାଜଳ ଯେହ୍ନେ । ତାରଇ ସ୍ନାନ-ପିଣ୍ଡଦାନେ ।।୬୧

ନାମ ମାତ୍ରକେ ପାପ ନାଶେ । ତାରଇ ସେ ତିନି ପୁରୁଷେ ।।୬୨

କହିବି କୃଷ୍ଣ ଲୀଳା ମାନ । ରାଜନ ହୁଅ ସାବଧାନ ।।୬୩

ଅସୁର ବଳ ପାଦଭରେ । ଭୂମି କମ୍ପିଲା ଥରହରେ ।।୬୪

ଭାରାରେ ଚଳି ନ ପାରଇ । ଅଧରୁ ରୁଧିର ଗଳଇ ।।୬୫

ଦିନକେ ବିଚାରଇ ବସି । କେ ମୋର ଶରୀର ଆଶ୍ୱାସି ।।୬୬

ଛାଡ଼ିବି ସଂସାର ଧାରଣ । ପଶିବି ବ୍ରହ୍ମାରେ ଶରଣ ।।୬୭

ମାୟା ସୁରଭି ରୂପ ହୋଇ । କାନ୍ଦଇ ଚଉଦିଗ ଚାହିଁ ।।୬୮

ବିଧାତା ନିକଟେ ମିଳିଲା । ନିଜ ବେଦନା ଜଣାଇଲା ।।୬୯

ବିଧାତା ଶୁଣି ତା' ବିକଳ । ସଙ୍ଗେ ଘେନିଲେ ଦେବଦଳ ।।୭୦

ଶଙ୍କର ଘେନି ସର୍ବେ ବେଗେ । ମିଳିଲେ କ୍ଷୀରସିନ୍ଧୁ ଲାଗେ ।।୭୧

ଜଳଧି କୂଳେ ଦେବଗଣ । ଡାକନ୍ତି ରଖ ନାରାୟଣ ।।୭୨

ଅନେକ ଧ୍ୟାନ ସ୍ତୁତି କଲେ । ହରି ସନ୍ଦେଶ ନ ପାଇଲେ ।।୭୩

ଅନେକ ମତେ କରି ଧ୍ୟାନ । ବ୍ରହ୍ମା ପାଇଲେ ମନେ ଛନ୍ନ ।।୭୪

ଅନନ୍ତ ନ ଦେଖି ବିଧାତା । ମନେ ପାଇଲେ ଗୁରୁ ଚିନ୍ତା ।।୭୫

ସମାଧି ବସିଲେ ତକ୍ଷଣ । ଚିନ୍ତି ଅନାଦି-ନାରାୟଣ ।।୭୬

ବ୍ରହ୍ମାର ଦେଖିଣ ବିକଳ । କରୁଣା କଲେ ଆଦିମୂଳ ।।୭୭

ନିଦ୍ରାର ବଳେ ମନେ ହରି । ସ୍ୱପନେ କହିଲେ ମୁରାରି ।।୭୮

ବ୍ରହ୍ମାଙ୍କୁ ଦିଶିଲା ସ୍ୱପନ । କହନ୍ତି ପ୍ରଭୁ ନାରାୟଣ ।।୭୯

ଶୁଣ ବଚନ ମୋର ଧାତା । ମୁଁ ଯେ ଜଗତ ପିତାମାତା ।।୮୦

ସକଳ ମୋହର ଭିଆଣ । କେବଳ ଦେଲି ପରମାଣ ।।୮୧

ମୋର ବଚନ ଶିରେ ଧରି । ତୁ ଅଛୁ ଜଗତ ଆବୋରି ।।୮୨

ବେଦ ବିଚାରି ସୃଷ୍ଟି ପାଳୁ । ଅବନୀ ଭାରେ କିମ୍ପା ଭାଳୁ ।।୮୩

ମୁଁ ତାହା ଜାଣଇଟି ସର୍ବ । ନାଶିବି ଅସୁରଙ୍କ ଗର୍ବ ।।୮୪

ଏବେ ସକଳ ଦେବେ ଯାଅ । ମର୍ତ୍ତ୍ୟମଣ୍ଡଳେ ଜାତ ହୁଅ ।।୮୫

ଯାଦବ ଆଦି ସାତବଂଶ । କଂସକୁ ହୋଇବ ବିଶ୍ୱାସ ।।୮୬

ଗୋପୀ ଗୋପାଳ ରୂପ ହୋଇ । ଗୋପେ ଜନ୍ମିବ ଦେହ ବହି ।।୮୭

ମୁଁ ଜାତ ବାସୁଦେବ ଘରେ । ବଢ଼ିବି ଯାଇ ଗୋପପୁରେ ।।୮୮

ଷୋଳ ସହସ୍ର ଗୋପନାରୀ । ରମିବି ବୃନ୍ଦାବନେ ହେରି ।।୮୯

ଅନେକ ନାଶିବି ଅସୁର । ଖଣ୍ଡିବି ଅବନୀର ଭାର ।।୯୦

ଭକତ ଜନଙ୍କୁ ତାରିବି । ପୁଣି ସ୍ୱଧାମେ ବାହୁଡ଼ିବି ।।୯୧

ଏବେ ହେ ଯାଅ ତୁ ସତ୍ୱର । କହିବୁ ଦେବଙ୍କ ଆଗର ।।୯୨

ବେଗେ ହୁଅନ୍ତୁ ମର୍ତ୍ତ୍ୟେ ଜନ୍ମ । କହି ହୋଇଲେ ଅନ୍ତର୍ଦ୍ଧାନ ।।୯୩

ସ୍ୱପନ ଚେତି ବେଦବର । କହିଲେ ଦେବଙ୍କ ଆଗର ।।୯୪

ଶୁଣି ସାନନ୍ଦ ଦେବଗଣେ । ନମିଲେ ଧାତାର ଚରଣେ ।।୯୫

ବୋଲନ୍ତି ଶୁଣ ବେଦବର । ଯାହା କହିଲେ ଚକ୍ରଧର ।।୯୬

ଅବନୀ ମଧ୍ୟେ ଦେହ ଧରି । ଗୋପେ ଯାଦବେ ଅବତରି ।।୯୭

ହୋଇବୁଁ ଏ ଆମ୍ଭର ସତ୍ୟ । କି କି କହିଲେ ଜଗନ୍ନାଥ ।।୯୮

ସେ କଥା କହ ପ୍ରଜାପତି । ଶୁଣି ନିର୍ମଳ ହେଉ ମତି ।।୯୯

### ବ୍ରହ୍ମାଉବାଚ

ବହ୍ମାବୋଇଲେ ଦେବେ ଶୁଣ । ଯାହା କହିଲେ ନାରାୟଣ ।।୧୦୦

ଯାଦବ ବସୁଦେବ ଘରେ । ଜନ୍ମିବେ ଦେବକୀ ଉଦରେ ।।୧୦୧

ହରିର କଳାରେ ଅନନ୍ତ । ଆଗେ ହୋଇବେ ଗର୍ଭଗତ ।।୧୦୨

ମାୟାର ଯୋଗ ବଳେ କରି । ଦେବକୀ ଗର୍ଭୁ ତାହା ହରି ।।୧୦୩

ରୋହିଣୀ ଗର୍ଭେ ତାହା ଥୋଇ । ଦାସ ବତ୍ସଳ ଭାବଗ୍ରାହୀ ।।୧୦୪

ଆପଣେ ପ୍ରଭୁ ଜଗନ୍ନାଥ । ଦେବକୀ ଗର୍ଭେ ହେବେ ଜାତ ।।୧୦୫

ଦୁର୍ଗାଙ୍କୁ ଯଶୋଦାର କୋଳେ । ଜାତ କରିବେ ଯୋଗ ବଳେ ।।୧୦୬

କୃଷ୍ଣଙ୍କୁ ବସୁଦେବ ନେଇ । ଆସିବ ନନ୍ଦ ଘରେ ଥୋଇ ।।୧୦୭

ଏମନ୍ତେ ତାରିବେ ସଂସାର । ଦାସ ବତ୍ସଳ ଦାମୋଦର ।।୧୦୮
ଶୁଣିଣ ବିଧାତା ବଚନ । ଦେବେ ଆନନ୍ଦ କଲେ ମନ ।।୧୦୯
ଚାହିଁଣ ଧରଣୀ ବଦନ । ବୋଇଲେ ଧନ୍ୟ ତୋ' ଜୀବନ ।।୧୧୦
ତୋ'ର ଉପରେ ଚକ୍ରଧାରୀ । ମନୁଷ୍ୟ ଦେହେ ଅବତରି ।।୧୧୧
ନାଶିବେ ତୋ'ର ଦୁଃଖରାଶି । ଆମ୍ଭେ ଦେଖିବୁ ବ୍ରହ୍ମରାଶି ।।୧୧୨
ଭୂମି ଆଶ୍ୱାସୀ ଦେବଗଣ । ଗଲେ ସେ ଯେ ଯାହା ଭୁବନ ।।୧୧୩
ଏବେ ହୋ ଶୁଣ ମହୀପତି । ଯେମନ୍ତ କଲେ ଶିରୀପତି ।।୧୧୪
ହରିଚରଣେ ଦେଇ ଚିତ୍ତ । କହଇ ଦାସ ଜଗନ୍ନାଥ ।।୧୧୫

*ଇତି ଶ୍ରୀମଦ୍‌ଭଗବତେ ମହାପୁରାଣେ ପାରମହଂସ୍ୟାଂ ସଂହିତାୟାଂ*
*ଦଶମସ୍କନ୍ଧେ ପୂର୍ବାର୍ଦ୍ଧେ ଶ୍ରୀକୃଷ୍ଣ ଅବତାର ଉପକ୍ରମେ ପ୍ରଥମୋଽଧ୍ୟାୟଃ*

## ଦ୍ୱିତୀୟ ଅଧ୍ୟାୟ

### ଶୁକ ଉବାଚ

ବନ୍ଦଇ ନୃସିଂହ ଚରଣ । କହିବି ବିଷ୍ଣୁର ପୁରାଣ ।।୧
ଶୁକ ବୋଲନ୍ତି ଶୁଣ ରାୟେ । ମର୍ତ୍ତ୍ୟେ ଜନ୍ମିଲେ ଦେବତାୟେ ।।୨
ଭୋଜବଂଶରେ ଉତ୍ପନ୍ନ । ପ୍ରତାପୀ ରାଜା ଶୁରସେନ ।।୩
ପୂର୍ବେ ମଥୁରା ପୁରେ ଥିଲା । ଅନେକ ନୃପତି ଜିଣିଲା ।।୪
ତେଣୁ କଟକ ମଧୁପୁରୀ । ଯହିଁ ବିଜୟ ନରହରି ।।୫
ସେ ରାଜା ଗୋବିନ୍ଦ ଭକତ । ତାହାର ଉଗ୍ରସେନ୍ ସୁତ ।।୬
ଦେବକ ନାମେ ତା'ର ଭ୍ରାତ । ଦେବକୀ ତାହାର ଦୁହିତ ।।୭
ରୂପେ କମଳା ନୋହେ ସରି । ସେ କନ୍ୟା ବସୁଦେବ ବରି ।।୮
ମାୟା ଭିଆଣ ପଦ୍ମନାଭ । କରନ୍ତି ବିବାହ ଉତ୍ସବ ।।୯
ବିଭା କରାଇ କନ୍ୟାବର । ଯାବତ ମଙ୍ଗଳ ବେଭାର ।।୧୦
ଜନବେଭାରେ ସେ ଦେବକ । ଅନେକ ଦେଲା ଯଉତୁକ ।।୧୧
ଚତୁରଶତ ହସ୍ତୀ ଦେଲା । କଣ୍ଠେ ଲମ୍ବାଇ ରତ୍ନମାଳା ।।୧୨
ଅଠରଶତ ରଥ ଯୁତେ । ଅଶ୍ୱ ସେ ଦେଲା ସେହି ମତେ ।।୧୩
ବେନି ଶତେକ ପରିବାରୀ । ଦେଲା ସେ ଅଳଙ୍କାର ଭରି ।।୧୪
ବାଜଇ ଭେରୀ ତୁରୀ ବାଦ୍ୟ । କେ କହୁ ବିଭାର ଆନନ୍ଦ ।।୧୫
ରଥେ ବସାଇ କନ୍ୟାବର । ନବରୁ ହୋଇଲେ ବାହାର ।।୧୬
କୁସୁମ ବରଷନ୍ତି ଘେନି । ମଙ୍ଗଳ କଲେ ଦେବ ଧ୍ୱନି ।।୧୭
ଉଗ୍ରସେନର କଂସ ସୁତ । ଦେଖିଣ ହୋଇଲା ଉଷତ ।।୧୮
ଯାହାର ନାମେ ଦେବେ ଡ଼ରି । ଚାଳନ୍ତି କମ୍ପେ ବସୁନ୍ଧରୀ ।।୧୯
ଶୁଦ୍ଧସୁବର୍ଣ୍ଣ ରଥେ ବସି । ରାଜାଏ କଂସକୁ ପ୍ରଶଂସି ।।୨୦
ଭଗିନୀ ପ୍ରିୟ ବନ୍ଧୁପଣେ । ରଥରେ ବସିଲା ଆପଣେ ।।୨୧
ଅଶ୍ୱ ଦଉଡ଼ି ଧରିକରେ । ରଥ ବାହିଲା ଧୀରେ ଧୀରେ ।।୨୨
ଥୋକାଏ ଦୂର ରଥଗଲା । ଆକାଶୁ ଶବଦ ଶୁଭିଲା ।।୨୩
ତା' ଶୁଣି ଚାହିଁଲା ଗଗନେ । ଶବଦ ଶୁଭୁଅଛି ଶୂନ୍ୟେ ।।୨୪
ରେ ରେ ଅସୁର କଂସ ଶୁଣ । ନଜାଣୁ ଆପଣା ମରଣ ।।୨୫
ଯାହାର ବାହୁ ଅଛୁ ରଥ । ତୋତେ ମାରିବେ ତା'ର ସୁତ ।।୨୬
ଅଷ୍ଟମ ଗର୍ଭେ ଅବତରି । ମହୀ ରଖିବେ ତୋତେ ମାରି ।।୨୭
ଶୁଣି ଅନ୍ତରୀକ୍ଷ ବଚନ । ରଥରୁ ଓହ୍ଲାଇ ବହନ ।।୨୮
କରେ ଉଞ୍ଚାଇ କରବାଳ । ଧଇଲା ଦେବକୀର ଚୂଳ ।।୨୯
ବୋଲଇ ଭଲ ଏ ବିଚାର । କୁମାରୀ କାଳୁ ଯାକୁ ମାର ।।୩୦
ମୂଳୁଁ ମାରିଲେ ଯିବ ସରି । ଦେବଙ୍କ ସଙ୍ଗେ କିମ୍ପା କଳି ।।୩୧
ଅଧର ଚାପି ରୋଷେ ଚାହେଁ । କମ୍ପଇ ଦେବକୀର କାୟେ ।।୩୨
କଂସକୁ ବସୁଦେବ ଚାହିଁ । ଭୟେ ଚିନ୍ତଇ ଭାବଗ୍ରାହୀ ।।୩୩
କଂସର ଭୁଜ କରେ ଧରି । ବୋଲଇ ଶୁଣ ଦଣ୍ଡଧାରୀ ।।୩୪
ତୁ ଅଟୁ ମହତ ପୁରୁଷ । ସଂସାରେ ଅଛି ତୋ'ର ଯଶ ।।୩୫
ଧାର୍ମିକ ବୋଲନ୍ତି ସକଳେ । ଦେବକୀ ମାରୁ କିମ୍ପା ବଳେ ।।୩୬
ବିଭାର କାଳେ ଏଡ଼େ କର୍ମ । କେମନ୍ତେ ସହିବଟି ଧର୍ମ ।।୩୭
ଦେହର ସଙ୍ଗେ ମୃତ୍ୟୁ ଜାତ । ନାହିଁ ଏହାର ଆଦିଅନ୍ତ ।।୩୮
ବାଳକ ସ୍ଥବିର ତରୁଣ । ଅବଶ୍ୟ ଲଭିବେ ମରଣ ।।୩୯
ଦେହ ବହିଲେ ନିଶ୍ଚେ ମରି । ମରଣ ଛାରେ କିମ୍ପା ଡରି ।।୪୦
ଏ ଜୀବ ମରଣ ନିକଟେ । ବେଗେ ଚିନ୍ତଇ ଅନ୍ୟଘଟେ ।।୪୧
ଏହାର କଲା କର୍ମମାନ । ତେଣୁ ହୁଅନ୍ତି ସାବଧାନ ।।୪୨
କର୍ମର ବଶ ହୋଏ ଜନ୍ତୁ । ଜନ୍ମ ମରଣ କର୍ମ ହେତୁ ।।୪୩
ଜୋକ ଯେ ଏକଇ ଚରଣେ । ଯେସନେ ସଞ୍ଚରଇ ତୃଣେ ।।୪୪
ଜୀବ ଯେ କର୍ମେ ସଞ୍ଚରଇ । ଜନ୍ମ ମରଣ ନାମ ବହି ।।୪୫
ନିଦ୍ରାରେ ଯେସନେ ସ୍ୱପନ । ଦେଖିଣ ପାସୋରଇ ମନ ।।୪୬
ଦେହରେ ଥାଇ ଯେତେ କରି । ଜୀବ ଛାଡ଼ିଲେ ତା' ପାଶୋରି ।।୪୭

କରଇ ପରଲୋକ ଭୋଗ । ପୁଣ ହିଁ ରଜ ବୀର୍ଯ୍ୟ ଯୋଗ ।।୪୮
ଜନ୍ମିଣ ପାଶୋରଇ ତାହା । ଏମନ୍ତ ଅନାଦିର ମାୟା ।।୪୯
ଏକଇ ପୁରୁଷ ମୁରାରି । ସକଳଘଟେ ଛନ୍ତି ପୂରି ।।୫୦
ଶତେକ ଜଳଘଟ ଥୋଇ । ଚାହିଁଲେ ଆକାଶ ଦିଶଇ ।।୫୧
ପୁଣି ହିଁ କଲେ ଏକଗୋଟି । ତହିଁ ଆକାଶ ଥାଏ ଘୋଟି ।।୫୨
ଆକାଶ ନୁହଁଇଟି ଭିନ୍ନ । ନାଶ ହୁଅନ୍ତି ଘଟମାନ ।।୫୩
ଏମନ୍ତ ଆତ୍ମାର ବିବେକ । ଏହା ଜାଣନ୍ତି ଜ୍ଞାନୀ ଲୋକ ।।୫୪
ତୁ ଅଟୁ ମହତ ପୁରୁଷ । କିମ୍ପା ବହେଣୀ କରୁ ନାଶ ।।୫୫
ଜୀବ ମାରନ୍ତି ଆତ୍ମା ସୁଖେ । ଅନ୍ତେ ହେଁ ପଡ଼ନ୍ତି ନରକେ ।।୫୬
ଏ ସାନ ବହେଣୀ ତୋହର । ଏହାକୁ ରକ୍ଷାକର ବୀର ।।୫୭
ଶୁକ ବୋଲନ୍ତି ଶୁଣ ରାୟେ । ଅସୁର ସ୍ୱଭାବେ ନିର୍ଣ୍ଣୟେ ।।୫୮
ଧର୍ମବଚନ ନ ଶୁଣଇ । ବିଶେଷେ ତା'ର ଜ୍ଞାନ ନାହିଁ ।।୫୯
ଭିଣୋଇ ବୋଲ ନ ଶୁଣିଲା । ପୁଣି ହିଁ ହାଣିବି ବୋଇଲା ।।୬୦
ଦେଖି ବସୁଦେବ ବିଚାରି । କାନ୍ଦିଣ ସୁମରେ ମୁରାରି ।।୬୧
ପୁଣି ବିଚାରୁଅଛି ମନେ । ଦେବକୀ ରଖିବି କେସନେ ।।୬୨
କେ ସହୁ ଏହାର ବିକଳ । ରଖିବି ଲାଭ ଦେଇ ମୂଳ ।।୬୩
କିବା ନୋହୁଣୁ ମୋର ସୁତ । କଂସ ହୋଇବ ପ୍ରାଣେ ହତ ।।୬୪
କିବା ନୋହିବ ମୋର ପୁଅ । ଜାଣନ୍ତି ପ୍ରଭୁ ଦେବରାୟ ।।୬୫
ଏମନ୍ତେ ମନେ ବିଚାରିଲା । କଂସର ମୁଖକୁ ଚାହିଁଲା ।।୬୬
ବୋଲନ୍ତି ଶୁଣ ବୀର କଂସ । ଛାଡ଼ ତୁ ବହେଣୀର କେଶ ।।୬୭
ଏହାର ସୁତ ତୋତେ ମାରି । ଏ ତୋ'ର ନୁହଁଇ ବଇରୀ ।।୬୮
ଏ ଯେତେ ଶିଶୁ ପ୍ରସବିବ । ତୋ'ର ନିକଟେ ଦେବି ସର୍ବ ।।୬୯
ତୁ ଅଟୁ ପୁରୁଷ ମହତ । ଏ ମୋ'ର ତିନିବାର ସତ୍ୟ ।।୭୦
ଶୁଣନ୍ତୁ ଦଶଦିଗ ଲୋକେ । ଏଠାରେ ଅଛନ୍ତି ଯେ ଥୋକେ ।।୭୧
ଏକଥା ମୋହର ପ୍ରମାଣ । ଏଥକୁ ସାକ୍ଷୀ ନାରାୟଣ ।।୭୨
ବସୁଦେବର ବୋଲ ଶୁଣି । କଂସ ହିଁ ମନେମନେ ଗୁଣି ।।୭୩
ବିଚାରି ମଣିଲା ବିଶ୍ୱାସ । ଛାଡ଼ିଲା ଦେବକୀର କେଶ ।।୭୪
ଆନନ୍ଦ ହୋଇ ସର୍ବଜନେ । ଗଲେ ସେ ଯେ ଯାହା ଭୁବନେ ।।୭୫
କେତେହେଁ ଦିନ ତହିଁ ଗଲା । ଦେବକୀ ଗର୍ଭ ଉପୁଜିଲା ।।୭୬
ବରଷ ବରଷକେ ସୁତ । ହୋଇଲା ଏକଇ ଦୁହିତ ।।୭୭
ପ୍ରଥମେ ହୋଇଲା ତନୟେ । ରୂପେ ମୋହିଲା କାମ ପ୍ରାୟେ ।।୭୮

ସୁତକୁ ଦେଖି ବସୁଦେବ । ବିକଳେ ଚିନ୍ତଇ ମାଧବ ।।୭୯
ଏ ସୁତ ଦେବଇଁ କେମନ୍ତେ । ସତ୍ୟ ଯେ କରିଛି ଯୁକତେ ।।୮୦
ଦେବକୀ ମୁଖକୁ ଚାହିଁଲା । ହା କୃଷ୍ଣ ବୋଲି ଡାକ ଦେଲା ।।୮୧
କୋଳରେ ଘେନିଲା ତନୟ । ହୋଇଲା ହରଷ ବିସ୍ମୟ ।।୮୨
କଂସର ସଭାରେ ମିଳିଲା । ବାଳକ ତଳେ ଶୁଆଇଲା ।।୮୩
ଦେଖି ଚକିତ ସଭାଜନେ । କଂସ ବିଚାରୁଅଛି ମନେ ।।୮୪
ଏତ ନୋହଇ ମୋ' ବଇରୀ । ଅଷ୍ଟମଗର୍ଭ ମୋତେ ମାରି ।।୮୫
ଏହାର ମଣିଲି ମୁଁ ସତ୍ୟ । ନେଉ ଏହାର ନିଜ ସୁତ ।।୮୬
ହସିଣ ବସୁଦେବ ଚାହିଁ । କହଇ ବିଶ୍ୱାସ କରାଇ ।।୮୭
ତୋହରେ ମଣିଲି ମୁଁ ସତ୍ୟ । ନିଅ ତୋହର ନିଜ ସୁତ ।।୮୮
ଶୁଣି ବସୁଦେବ ଚକିତେ । କଂସକୁ ନ ଯାଇ ପରତେ ।।୮୯
କ୍ଷଣକେ ରହିଣ ବିଚାରି । ପୁଣି କୁମର କୋଳେ ଧରି ।।୯୦
ବାଟରେ କରଇ ବିଚାର । ଦୁଷ୍ଟ ଦାନବ ଦୁରାଚାର ।।୯୧
ଏବେ ମୁଁ ନେବି ବାହୁଡ଼ାଇ । ପୁଣି ମାରିବ କଂସ ନେଇ ।।୯୨
ଦେବକୀ କଷ୍ଟ ହେବ ବଡ଼ । କିସ କରିବି ମୁହିଁ ରାଢ଼ ।।୯୩
ହରି ଭିଆଣ କଲେ ଯାହା । ଅବଶ୍ୟ ଭୁଞ୍ଜିବିନା ତାହା ।।୯୪
ଏମନ୍ତେ ଦୁଃଖେ ସୁଖେ ଯାଇ । ଦେବକୀ ନିକଟେ ମିଳଇ ।।୯୫
ସୁତକୁ ଦେଲା ତା'ର କୋଳେ । କାନ୍ଦଇ ମାୟାମୋହ ଭୋଳେ ।।୯୬
ବିଚ୍ଛେଦ-ଦୁଃଖ-ମାତା-ଚିତ୍ତ । ପୁତ୍ରକୁ ପାଇଣ ଉଷତ ।।୯୭
ନିବିଡ଼ ସ୍ନେହେ କୋଳେ ଯାକି । ଆନନ୍ଦ କେ ପାରିବ ଲକ୍ଷି ।।୯୮
ରଜନୀ ହୋଇଲା ପ୍ରବେଶ । ମିଳିଲା ଅନ୍ତଃପୁରେ କଂସ ।।୯୯
ଶୀତଳ ମଣୋହି ସାରିଲା । ସୁଖେ ପଲ୍ୟଙ୍କେ ବିଜେକଲା ।।୧୦୦
ତକ୍ଷଣେ ମିଳିଲେ ନାରଦ । ଆନନ୍ଦେ କଲେ ବୀଣାନାଦ ।।୧୦୧
ଦେଖିଣ ତେଜିଲା ଶୟନ । ପ୍ରଣାମ କଲାକ ବହନ ।।୧୦୨
ନିଜ ଆସନେ ବସାଇଲା । ବିଶ୍ୱାସେ ଚରଣ ଚାପିଲା ।।୧୦୩
ଭକତି ଦେଖିଣ ନାରଦ । କହନ୍ତି ଶୋକ ଗଦଗଦ ।।୧୦୪
ଶୁଣ ଅସୁର ଚୂଡ଼ାମଣି । ତୋ'ର ମରଣ ମୁହିଁ ଶୁଣି ।।୧୦୫
ତୋ' ଦୁଃଖ ଦେଖି ମୁଁ ବିକଳ । ଦେଖ ନୟନେ ଅଶ୍ରୁଜଳ ।।୧୦୬
ଶୁଣ ଦାନବ ଶିରୋମଣି । ତୋ'ର ମରଣ ତଥ୍ୟବାଣୀ ।।୧୦୭
ଭୂମିର ଦେଖିଣ ବିକଳ । ଗୁହାରି କଲେ ଦେବବଳ ।।୧୦୮
ବ୍ରହ୍ମାର ତୁଲେ ଶୂଳପାଣି । କ୍ଷୀର ସମୁଦ୍ରେ ସ୍ତୁତିଭଣି ।।୧୦୯

ବ୍ରାହ୍ମାଙ୍କୁ କହିଲେ ଅନନ୍ତ । ମନୁଷ୍ୟେ ହୋଇବି ମୁଁ ଜାତ ।।୧୧୦
ମାରିବି ସକଳ ଅସୁର । ନାଶିବି ଅବନୀର ଭାରତ ।।୧୧୧
ଏମନ୍ତ କୂଟକଥା ମାନ । ଭିଆଣ କଲେ ଦେବଗଣ ।।୧୧୨
ଦେବକୀ ଅଷ୍ଟମ ଗର୍ଭର । ନିଶ୍ଚୟେ ମରଣ ତୋହର ।।୧୧୩
ବ୍ରହ୍ମାର ବଚନେ ମୁରାରି । ମାୟା ମନୁଷ୍ୟ ରୂପ ଧରି ।।୧୧୪
ତୋତେ ମାରିବେ ସେ ଅନନ୍ତ । ତୁ କିମ୍ପା ହୋଇଲୁ ନିଶ୍ଚିନ୍ତ ।।୧୧୫
ଦେବେ ଉପୁଜିଛନ୍ତି ଅଂଶେ । ଗୋପାଳ-ଯଦୁ-ଭୋଜବଂଶେ ।।୧୧୬
ନନ୍ଦ ଯଶୋଦା ଆଦି ଯେତେ । କହିବି ଏକେ ଏକେ କେତେ ।।୧୧୭
ଦେବକୀ ଦେବୀ ବସୁଦେବ । ଏ ଆଦି ଯେତେକ ଯାଦବ ।।୧୧୮
ତୋହାର ଯେତେକ ସେବକ । ଦେବତାମାନେ ଏଟି ଦେଖ ।।୧୧୯
ତୁ ଯହୁଁ ଦୁଷ୍ଟପଣ କଲୁ । କି ବୋଲି ବାଳକ ଛାଡ଼ିଲୁ ।।୧୨୦
କଂସ ବୋଇଲା ବ୍ରହ୍ମଚାରୀ । ଅଷ୍ଟମଗର୍ଭ ମୋ' ବଇରୀ ।।୧୨୧
ଆବର ଯେତେ ଗର୍ଭଶିଷ । ତହିଁ ମୋ' ପ୍ରୟୋଜନ କିସ ।।୧୨୨
କଂସର ଶୁଣି ଏ ଉତ୍ତର । ମୁନି କାଟିଲେ ଅଷ୍ଟଗାର ।।୧୨୩
ପ୍ରଥମେ ଗଣିଲେକ ଆଠ । ଛନ୍ଦେଣ ବୁଝାଇଲେ ପାଠ ।।୧୨୪
ବାମଭାଗକୁ ଲେଉଟାଇ । ପୁଣି ଗଣିଲେ ପାଠ କହି ।।୧୨୫
ଯେଝାର ଠାରୁ ଆଠ ହୋନ୍ତି । ଶୁଣ ହୋ ଅସୁର ନୃପତି ।।୧୨୬
ଏହା ଛାଡ଼ିଲେ କେଉଁ ଯଶ । ଏଣେ ହୋ ପ୍ରୟୋଜନ କିସ ।।୧୨୭
ଏହା ତୁ ନ କଲେ ବିଚାର । ନିକଟେ ମରିବୁ ଅସୁର ।।୧୨୮
କଂସକୁ କରାଇ ଉଚ୍ଚାଟ । ନାରଦ ଗଲେ ଶୂନ୍ୟବାଟ ।।୧୨୯
ଏମନ୍ତ ମୁନିବାକ୍ୟ ଶୁଣି । କଂସ ହିଁ ମନେମନେ ଗୁଣି ।।୧୩୦
ଦୁଃଖେ ରଜନୀ ପୁହାଇଲା । ନିଜ ସଭାରେ ବିଜେକଲା ।।୧୩୧
ଅସୁର ବଳ ଘେନି ସଙ୍ଗେ । ଧାଇଁଲା ପବନହୁଁ ବେଗେ ।।୧୩୨
ଦେବକୀ ମନ୍ଦିରେ ମିଳିଲା । କୋପେ ଅଧର କାମୋଡ଼ିଲା ।।୧୩୩
ଦେବକୀ ମୁଖକୁ ଅନାଇ । ବୋଲଇ କୋପଭର ହୋଇ ।।୧୩୪
ତୁ ଅଟୁ ବହେଣୀ ମୋହର । ମୋର ମରଣେ ତୋ' ବିଚାର ।।୧୩୫
ମୁଁ ଏହା ଜାଣିବି କେମନ୍ତେ । ଭିଣୋଇ ବୋଲେ ଗଲି ପ୍ରତେ ।।୧୩୬
ଏମନ୍ତେ ଅନେକ ବୋଇଲା । କୋଳୁଁ ବାଳକ ଘେନିଗଲା ।।୧୩୭
ବେନିଚରଣ କରେ ଧରି । ବୁଲାଇ ଅନ୍ତରାଳ କରି ।।୧୩୮
କୋପେ ଅନେକ ଗାଳିଦେଲା । ଶିଳା ଉପରେ କଚାଡ଼ିଲା ।।୧୩୯
ଦେବକୀ ବସୁଦେବ ଆଣି । ବନ୍ଧନକଲା ପାଦପାଣି ।।୧୪୦
ମାଡ଼ ମରାଇ ମହାରୋଷେ । ପାଦେ ଭରିଲା ଲୌହପାଶେ ।।୧୪୧
ଧନ-ସମ୍ପଦ କଲା ଜୂର । ଆଣି ଭରିଲା ବନ୍ଦୀଘର ।।୧୪୨
ସାତକବାଟ ମହାବଳ । ଲୌହକିଳିଣୀ ଅନର୍ଗଳ ।।୧୪୩
ପ୍ରହରୀ ଶତେକ ଜଗାଇ । କହଇ ରୋଷଭର ହୋଇ ।।୧୪୪
ଦେବକୀ ଯେତେ ପ୍ରସବିବ । ମୋର ଛାମୁରେ ଜଣାଇବ ।।୧୪୫
ଯେ ମୋର ବୋଲ ନ କରିବ । ସେହି ମୋହର ଶତ୍ରୁ ହେବ ।।୧୪୬
ନିଜ ପିଅର ଅଣାଇଲା । ଅନେକ ମାଡ଼ ମରାଇଲା ।।୧୪୭
ଶାଙ୍ଖୋଳି ଦେଲା ବନ୍ଦୀଘରେ । ଅନେକ ଯାଦବ ସଙ୍ଗରେ ।।୧୪୮
ଅସୁର ସ୍ୱଭାବେଣ କଂସ । ମାଇଲା ଆପଣାର ବଂଶ ।।୧୪୯
କୋପ ସଂହରି ନିଜପୁରେ । ଅସୁର ପଶିଲା ଭିତରେ ।।୧୫୦
କଂସ ଜାଣଇ ଯୋଗବଳେ । ମୁଁ ଜାତ ଦାନବର କୁଳେ ।।୧୫୧
ଅନେକବାର ମୋତେ ମାରି । ମୋକ୍ଷ ନ ଦେଲେ ନରହରି ।।୧୫୨
ଏବେ ମାରିବ ହରି ମୋତେ । ଭାଗ୍ୟ ମୋ କେ କରିବ ଅନ୍ତେ ।।୧୫୩
ଏମନ୍ତ ମନେ ବିଚାରିଲା । ଯଦୁଙ୍କ ସଙ୍ଗେ ବାଦ କଲା ।।୧୫୪
ଶୁଣ ସୁଜନେ ଭାଗବତ । କୃଷ୍ଣଚରଣେ ଦେଇ ଚିତ୍ତ ।।୧୫୫
ପଣ୍ଡିତେ ନ ଘେନିବା ଦୋଷ । କୃଷ୍ଣଚରିତ ସୁଧାରସ ।।୧୫୬
କହଇ ବିପ୍ର ଜଗନ୍ନାଥ । ହରିଚରଣେ ଦେଇ ଚିତ୍ତ ।।୧୫୭

*ଇତି ଶ୍ରୀମଦ୍‌ଭାଗବତେ ମହାପୁରାଣେ ପାରମହଂସ୍ୟାଂ ସଂହିତାୟାଂ*
*ଦଶମସ୍କନ୍ଧେପୂର୍ବାର୍ଦ୍ଧେ ଶ୍ରୀକୃଷ୍ଣ ଅବତାର ଉପକ୍ରମେ ଦ୍ୱିତୀୟୋଽଧ୍ୟାୟଃ ।।*

## ତୃତୀୟ ଅଧ୍ୟାୟ

### ଶୁକ ଉବାଚ

ଶୁକ ବୋଲନ୍ତି ଶୁଣ ରାୟ । କଂସ ପାଇଲା ମହାଭୟ ।।୧
ଦୂତ ପେଷିଲା ଚାରିଦିଗେ । ବିଶ୍ୱାସୀ ଦାନବଙ୍କ ସଙ୍ଗେ ।।୨
କଂସର ଯେତେ ମିତ୍ରଗଣ । ଆସି ମିଳିଲେ ଜଣେ ଜଣ ।।୩
ଚାଣୁର ତୃଣାବର୍ତ୍ତ ବୀର । ମୁଷ୍ଟିକ ଅଘା ଷଣ୍ଢାସୁର ।।୪
ଦ୍ୱିବିନ୍ଦ ନାମେଣ ବାନର । ପ୍ରଳମ୍ବା ବକା ବତ୍ସାସୁର ।।୫
ପୂତନା ନାମେଣ ରାକ୍ଷସୀ । ଆଗେ ମିଳିଲା ବୀରକେଶୀ ।।୬
ବାଣା ନାରକା ଜରାସନ୍ଧ । ସ୍ୱଭାବେ ଅଟନ୍ତି ଏ ମନ୍ଦ ।।୭

ଏମନ୍ତେ କହିବଇଁ କେତେ । କଂସର ମିତ୍ର ଛନ୍ତି ଯେତେ ।।୮
ଏହାଙ୍କୁ ବସାଇ ଆସନେ । କଂସ କହଇ ଖେଦ ମନେ ।।୯
ଶୁଣ ସକଳ ବୀରମଣି । ମୋହର କର୍ମଫଳ ବାଣୀ ।।୧୦
ନାରଦ କହିଗଲେ ମୋତେ । ଯଦୁଙ୍କୁ ନ ଯିବୁ ପରତେ ।।୧୧
ଯଦୁଙ୍କ ହାତେ ମୋ' ମରଣ । ଏ କଥା ଅଟଇ ପ୍ରମାଣ ।।୧୨
ଏମନ୍ତ କହିଗଲେ ମୁନି । ବ୍ରହ୍ମାକୁମର ମହାଜ୍ଞାନୀ ।।୧୩
ତୁମ୍ଭେ ଯେ ମୋହର ବିଶ୍ୱାସ । ଯଦୁଙ୍କୁ ବେଗେ କର ନାଶ ।।୧୪
ଶୁଣି ଅସୁରେ ପରଜ୍ୱଳି । ଯେସନେ ସମୁଦ୍ର ଉଚ୍ଛୁଳି ।।୧୫
ଯଦୁଙ୍କୁ ଦେଲେ କଷ୍ଟମାନ । ଯହୁଁ ରଖିବେ ଭଗବାନ ।।୧୬
ଯାଦବେ ଅସୁରଙ୍କ ଡରେ । ପଳାଇଗଲେ ଦେଶାନ୍ତରେ ।।୧୭
କେ କୁରୁ ନଗରେ ପଶିଲେ । ପାଞ୍ଚାଳ ଦେଶେ କେ ଲୁଚିଲେ ।।୧୮
ବିଦେହ ନିଷଧ କୋଶଳେ । ପଶିଲେ ଜୀବନ ବିକଳେ ।।୧୯
ଯେ ଅବା ଯାଇ ନ ପାରିଲେ । କଂସର ଶରଣ ପଶିଲେ ।।୨୦
କେହୁ ସେବକ ପଣେ ଦାସ । କାହାକୁ ଦେଲା ଲୌହପାଶ ।।୨୧
ଏମନ୍ତେ ବରଷେ ପୂରିଲା । ପୁଣି ଦେବକୀ ପ୍ରସବିଲା ।।୨୨
ପ୍ରହରୀ ଜଣାଇଲା ଯାଇ । ଶୁଣି ଧାଇଁଲା ରୋଷ ବହି ।।୨୩
ଦେବକୀ ନିକଟେ ମିଳିଲା । କୋଳୁ ବାଳକ ଉଛୁଡ଼ିଲା ।।୨୪
ବେନିଚରଣ ଧରି କରେ । ବୁଲାଇ ପିଟିଲା ଶିଳାରେ ।।୨୫
ଏମନ୍ତେ ବରଷେ ବରଷ । ଛ'ପୁତ୍ର କଲା କଂସ ନାଶ ।।୨୬
ଦେଖିଣ ଦେବକୀ ବିକଳ । ଦୟାସାଗର ଆଦିମୂଳ ।।୨୭
ଅନନ୍ତ ରୂପ ଧରି ହରି । ଦେବକୀ ଗର୍ଭେ ବିଜେ କରି ।।୨୮
ଏ ରୂପେ ଅନନ୍ତ ପ୍ରକାଶ । ଗର୍ଭେ ହୋଇଲେ ଅଷ୍ଟମାସ ।।୨୯
ଦେବକୀ ନିଜ ଦେହ ଚାହିଁ । ବିକଳେ ନିଶ୍ୱାସ ଛାଡ଼ଇ ।।୩୦
କେତେ ପାତକ କଲି ପୂର୍ବେ । ପୁଣି ହୋଇଲା ଆସି ଗର୍ଭେ ।।୩୧
କେତେ ସହିବି ଗର୍ଭକଷ୍ଟ । ବିଧାତା କଲା ମୋତେ ହଟ ।।୩୨
ଗର୍ଭେ ଧରଇ ଦଶମାସ । କୋଳ ଧରିତେ ନାହିଁ ଆଶ ।।୩୩
ଏମନ୍ତ ବିଚାରି ବିକଳ । ନୟନୁ ବହେ ଅଶ୍ରୁଜଳ ।।୩୪
ଦାସବତ୍ସଳ ଭଗବାନ । ଜାଣିଲେ ଦେବକୀର ମନ ।।୩୫
ଦୁର୍ଗାଙ୍କୁ ନିକଟେ ବସାଇ । ବୋଲନ୍ତି ପ୍ରଭୁ ଭାବଗ୍ରାହୀ ।।୩୬
ଅମ୍ବିକା ଶୁଣ ମୋ' ଉତ୍ତର । ବହନ ଯାଅ ମର୍ତ୍ତ୍ୟପୁର ।।୩୭
ମଥୁରା-କଂସ-ବନ୍ଦୀ-ଘରେ । ମିଳିବୁ ପ୍ରଥମ ପ୍ରହରେ ।।୩୮
ବନ୍ଦୀ କରିଛି କଂସରାୟେ । ଏକ ଶାଙ୍ଖୋଳି ବେନିପାୟେ ।।୩୯
ବସୁଦେବଙ୍କୁ ଯେତେବେଳେ । ଧରି ଆଣିଲା କଂସ ବଳେ ।।୪୦
ତାହାର ପତ୍ନୀ ନନ୍ଦଘରେ । ଯାଇ ଲୁଚିଲା କଂସଡ଼ରେ ।।୪୧
ରୋହିଣୀ ନାମ ବିଦ୍ୟମାନ । ତାହାର ଗର୍ଭ ଅଛି ଶୂନ୍ୟ ।।୪୨
ଦେବକୀ ଦେବୀ ନିଦ୍ରାକାଳେ । ଗର୍ଭ ହରିବୁ ଯୋଗବଳେ ।।୪୩
ମିଳିବୁ ନନ୍ଦ ଘରେ ଯାଇ । ରୋହିଣୀ-ଗର୍ଭେ ତାହା ଥୋଇ ।।୪୪
ଜନ୍ମିବୁ ଯଶୋଦା ଉଦରେ । ମୁଁ ପୁଣି ଯିବି ମର୍ତ୍ତ୍ୟପୁରେ ।।୪୫
ଦେବକୀ ଗର୍ଭେ ହେବି ଜାତ । ମୋତେ ଘେନିଣ ଯିବେ ତାତ ।।୪୬
ତୋତେ ଆଣିବେ ମୋତେ ଥୋଇ । ଏ କଥା ନ ଜାଣିବେ କେହି ।।୪୭
ଏମନ୍ତ କଂସର ମରଣ । ହସି କହନ୍ତି ନାରାୟଣ ।।୪୮
ମର୍ତ୍ତ୍ୟେ ହୋଇବୁ ତୁ ଯେ ଜାତ । ଜଗତେ ହୋଇବୁ ବିଖ୍ୟାତ ।।୪୯
ଲୋକେ କରିବେ ତୋତେପୂଜା । ଅନେକ ଦେବେ ବଳିଭୋଜା ।।୫୦
ଭକତେ ହୋଇବୁ ପ୍ରସନ୍ନ । ଅନେକ ହେବ ତୋର ନାମ ।।୫୧
ଜୟା ବିଜୟା ଭଦ୍ରକାଳୀ । ମଙ୍ଗଳା ଚର୍ଚ୍ଚିକା କଙ୍କାଳୀ ।।୫୨
କନ୍ୟକା କୃଷ୍ଣା ଯେ ମାଧବୀ । ଈଶାନୀ ଶାରଦା ବୈଷ୍ଣବୀ ।।୫୩
ଦୁର୍ଗା ଅମ୍ବିକା ନାରାୟଣୀ । ଏକୁ ଅନେକ ନମ ଭଣି ।।୫୪
ଗ୍ରାମ ଗ୍ରାମକେ କରି ସ୍ଥାନ । ପୂଜନ୍ତେ ହୋଇବୁ ପ୍ରସନ୍ନ ।।୫୫
ଅନେକ ନାମ ତୋ' ଜଗତେ । ଅନ୍ତ ମୁଁ କରିବଇଁ କେତେ ।।୫୬
ପୂଜା କରିବେ ସର୍ବସ୍ଥାନେ । ରାଜା ପରଜା ଭକ୍ତମାନେ ।।୫୭
ସ୍ତୁତି ପଠନ ମନ୍ତ୍ର ଧ୍ୟାନ । ଷୋଡ଼ଶ ଉପଚାର ମାନ ।।୫୮
ଶୁଣ ବଚନ ଆଦିମାତା । ଫେଡ଼ ଦେବକୀ ମନଚିନ୍ତା ।।୫୯
ଦେବକୀ ଗର୍ଭୁ ତା' ଆଣିବୁ । ରୋହିଣୀ ଗର୍ଭରେ ଥୋଇବୁ ।।୬୦
ତାହାଙ୍କ ନାମ ସଙ୍କର୍ଷଣ । ଲୋକରେ ହୋଇବେ ପ୍ରମାଣ ।।୬୧
ନାମ ହୋଇବ ବଳରାମ । ବଳେ ନୋହିବେ କେହି ସମ ।।୬୨
ଶୁଣି ଆନନ୍ଦମନା ହୋଇ । ମର୍ତ୍ତ୍ୟେ ଚଳିଲେ ମହାମାୟୀ ।।୬୩
ହରି ଆଦେଶ ଘେନି ଶିରେ । ମିଳିଲେ ମଥୁରା ନଗରେ ।।୬୪
କଂସରାଜାର ବନ୍ଦୀଘରେ । ମିଳିଲେ ପ୍ରଥମ ପ୍ରହରେ ।।୬୫
ରାତ୍ରେ ଦେବକୀ ନିଦ୍ରାକାଳେ । ଗର୍ଭ ହରିଲେ ଯୋଗବଳେ ।।୬୬
ଅନନ୍ତ ଘେନି ମାୟାଦମ୍ଭେ । ଥୋଇଲେ ରୋହିଣୀର ଗର୍ଭେ ।।୬୭
ଗର୍ଭ ସଂଯୋଗ ଦେବୀ କରି । ଦିନକୁ ଦିନ ଗର୍ଭ ଭାରି ।।୬୮
ସିଂହ ପୌର୍ଣ୍ଣମୀ ଦିନ ସାର । ରୋହିଣୀ ପ୍ରସବେ କୁମର ।।୬୯

ଧବଳ ଜ୍ୟୋତି ରୂପ ପୁଣି । ଶିରେ ଶୋହଇ ସପ୍ତଫଣୀ ।।୭୦
ଅପୁଆ ଘରେ ପୁଅ ଜାତ । ଆନନ୍ଦ ହୋଏ ନନ୍ଦ ଚିତ୍ତ ।।୭୧
ମୋହର ଘରେ ପୁତ୍ର ନାହିଁ । ଏ ମୋତେ କାରଣ ଅଟଇ ।।୭୨
ଯାହା ସେ ଦଇବ ନିର୍ମିତ । ଦୁର୍ଗା ହୋଇଲେ ଗର୍ଭଗତ ।।୭୩
ମିଳିଲେ ନନ୍ଦଘରେ ଯାଇ । କୃଷ୍ଣ ଜନ୍ମିବା ବାଟ ଚାହିଁ ।।୭୪
ଦେବକୀ ଗର୍ଭ ଯହୁଁ ଗଲା । ଲୋକେ ବୋଇଲେ ଭଲହେଲା ।।୭୫
ଭଲଟି ଗଲେ ନାରାୟଣ । ଦେବକୀ ନ ପାଉ କଷଣ ।।୭୬
ଥୋକେ ବୋଇଲେ ଭଲ ହେଲା । କଂସର ଡରେ ପଳାଇଲା ।।୭୭
ପୋଡୁ ଏ ଦେବକୀ ଭିଆଣ । କେ ବୋଲେ କର୍ଣ୍ଣେ ତା'ନ ଶୁଣ ।।୭୮
ଏଡ଼େ ମଡ଼ିଛୀ ଅଛି କାହିଁ । କେ ବୋଲେ ମୁଖ ତା'ନ ଚାହିଁ ।।୭୯
କାନ୍ଦି କେ ହୁଅନ୍ତି ବିକଳ । କେ ବୋଲେ ରଖ ଆଦିମୂଳ ।।୮୦
ଦେବକୀ ମନର କଷଣ । ଜାଣିଲେ ପ୍ରଭୁ ନାରାୟଣ ।।୮୧
ତେଜିଲେ ଜଳଧି ଶୟନ । ମଥୁରା ମିଳିଲେ ବହନ ।।୮୨
ବସୁଦେବର ଦେହେ ଯାଇ । ପଶିଲେ ଜ୍ୟୋତିରୂପ ହୋଇ ।।୮୩
ବିଷ୍ଣୁର ତେଜ ପରଚଣ୍ଡ । ଯେହ୍ନେ ଉଦିତ ମାରତଣ୍ଡ ।।୮୪
ଅମରଗୁରୁ ଲଗ୍ନ ବେଳେ । କାନ୍ତ କାମିନୀ ଏକମେଳେ ।।୮୫
ଜଗତ ମଙ୍ଗଳ ପୁରୁଷ । ଦେବକୀ ଉଦରେ ପ୍ରବେଶ ।।୮୬
ଉଦୟ କାଳେ ଯେହ୍ନେ ଶଶୀ । ପୂର୍ବ ଦିଗରୁ ପରକାଶି ।।୮୭
କୃଷ୍ଣଙ୍କୁ ଧରିଣ ଉଦର । ଦେବକୀ ଦିଶିଲା ସୁନ୍ଦର ।।୮୮
ଅନ୍ଧାର ବନ୍ଦୀଘରେ ତେଜ । ଯେହ୍ନେ ଉଦିତ ଗ୍ରହରାଜ ।।୮୯
ଦେବକୀ ଗର୍ଭବାସ କଥା । ଶୁଣି ପାଇଲା କଂସ ବ୍ୟଥା ।।୯୦
ଭୟେ ଚକିତ ମନେ ଛନ୍ନ । ମିଳିଲା ଦେବକୀ ଭୁବନ ।।୯୧
ସାତ କବାଟ ଫେଡ଼ାଇଲା । ଅନ୍ଧାର ଘରକୁ ଚାହିଁଲା ।।୯୨
ଉଦୟ ହୋଇ ଦିନକର । ଯେହ୍ନେ ନାଶଇ ତମ ଘୋର ।।୯୩
ଦେଖି ଚକିତ କଂସ ମନେ । ଭାଳି ବୋଲଇ ଭୟଛନ୍ନେ ।।୯୪
ନିଶ୍ଚୟେ ହୋଇଲା ମରଣ । ଏ ତ ଅନାଦି ନାରାୟଣ ।।୯୫
ଗର୍ଭେ ବିଜୟେ ବ୍ରହ୍ମରାଶି । ଏ ମୋର କାଳ ଦଣ୍ଡଫାଶି ।।୯୬
ଜୀବନ ନାଶିବ ମୋହର । ଦେବକୀ ବଢ଼ଇ ସୁନ୍ଦର ।।୯୭
ଏ ଯେତେ ଗର୍ଭ ପ୍ରସବିଲା । ଏମନ୍ତ ବେଳେ ନ ଦିଶିଲା ।।୯୮
କି ବୁଦ୍ଧି କରିବଇଁ ଆଜ । ମାରିଣ ଲଭିବଇଁ କାର୍ଯ୍ୟ ।।୯୯
ଏସନ ମନେ ବିଚାରଇ । ମୁନି ତ ଯାଇଛନ୍ତି କହି ।।୧୦୦
ଯାହା କହିଲେ ବ୍ରହ୍ମସୁତ । ସେ କଥା ନୋହଇ ବିଅର୍ଥ ।।୧୦୧
ଯାଦବେ ମୋହର ବଇରୀ । ମୋର ମରଣ ହେତୁ କରି ।।୧୦୨
ଦେବକୀ ବସୁଦେବ ଆଦି । ଏ ମୋର ଅଟନ୍ତି ବିବାଦୀ ।।୧୦୩
ଭିଣୋଇ ଗୁଣ କର୍ମମାନ । ଯୁବତୀ କଲା ଭିନ୍ନ ଭିନ୍ନ ।।୧୦୪
ଆତ୍ମବହେଣୀ ମୋର ଶଲ । ମୋହରେ ନ ଇଚ୍ଛଇ ଭଲ ।।୧୦୫
ସପ୍ତମଗର୍ଭ କେଣେ ନେଲା । ବୋଇଲା ଗର୍ଭ ଉଭେଇଲା ।।୧୦୬
ଏ ଯେ ମୋହର ଅପରାଧୀ । କିସ କରିବି ଏବେ ବୁଦ୍ଧି ।।୧୦୭
ହସ୍ତରେ ଅଛି ମୋ' ଉପାୟ । ଛାଡ଼ିଲେ ନ ପାଇବି କାୟ ।।୧୦୮
ଦେବକୀ ପକାଇବି ମାରି । ଗର୍ଭ ନାଶିବି ପେଟ ଚିରି ।।୧୦୯
ପୁଣି ବିଚାରୁଅଛି ମନେ । ଏ କର୍ମ କରିବି କେସନେ ।।୧୧୦
ଜୀବନ ପାଇଁ ଏଡ଼େ ପାପ । କରି ପାଇବି ମନେ ତାପ ।।୧୧୧
ଉଭୟ ଲୋକେ ସୁଖ ନାହିଁ । ନରକେ ପଡ଼ିବି ମୁଁ ଯାଇ ।।୧୧୨
ପାପର ମଧ୍ୟେ ପରମାଦ । ସ୍ତିରୀ ଗର୍ଭିଣୀ ଶିଶୁବଧ ।।୧୧୩
ଏ ତିନି କର୍ମ ଯେ କରନ୍ତି । ଜୀବନ ଥାଉଁ ସେ ମରନ୍ତି ।।୧୧୪
ତାହାର ମରିବାର କାଳେ । ନିନ୍ଦିତ ବୋଲନ୍ତି ସକଳେ ।।୧୧୫
ଇହଲୋକରେ ଅପଯଶ । ମରଣେ ନରକେ ପ୍ରବେଶ ।।୧୧୬
ଏମନ୍ତ ମନେ ବିଚାରିଲା । ଖଡ଼ଗ ଘେନି ବାହୁଡ଼ିଲା ।।୧୧୭
ମିଳିଲା ନିଜପୁରେ ଯାଇ । ଭାଳଇ ଚଉଦିଗ ଚାହିଁ ।।୧୧୮
ହରିଙ୍କି କଲା ମହାଭୟ । କ୍ଷଣ କ୍ଷଣକେ କମ୍ପେ କାୟ ।।୧୧୯
ଆସନ ଶୟନ ଭୋଜନେ । ସ୍ନାନ ବିହାର ଜଳପାନେ ।।୧୨୦
ଗୋଡ଼ାଇଛନ୍ତି ଯେହ୍ନେ ହରି । କମ୍ପଇ ମହାଭୟ କରି ।।୧୨୧
ବୃକ୍ଷ କାନନ ନଦୀ ଗିରି । ସକଳ ମଣେ ନରହରି ।।୧୨୨
ଏମନ୍ତେ ରଜନୀ ହୋଇଲା । ଘୋର ତିମିର ପ୍ରକାଶିଲା ।।୧୨୩
ବ୍ରହ୍ମାଶଙ୍କର ଇନ୍ଦ୍ର ତୁଲେ । ତେତିଶ କୋଟି ଦେବବଳେ ।।୧୨୪
ମିଳିଲେ ମଥୁରା ନବରେ । ଦେବକୀ ଦେବୀ ବନ୍ଦୀଘରେ ।।୧୨୫
ପ୍ରଣାମ କଲେ ଜଣେ ଜଣେ । ଶ୍ରୀକୃଷ୍ଣ ଜନନୀ ଚରଣେ ।।୧୨୬
ଗର୍ଭକୁ ଚାହିଁ ଗଙ୍ଗାଧର । ସ୍ତୁତି କରନ୍ତି ବେଦବର ।।୧୨୭
ବାସବ ଆଦି ଦିଗପତି । ଯେ ଯାହା ମତେକଲେ ସ୍ତୁତି ।।୧୨୮
ଜୟ ଗୋବିନ୍ଦ ଦାମୋଦର । ସତ୍ୟ ବଚନ ସ୍ୱାମୀ ତୋ'ର ।।୧୨୯
ଆବୋରି ଅଛୁ ତିନି ସତ୍ୟ । ସୃଷ୍ଟିର ଆଦି ମଧ୍ୟ ଅନ୍ତ ।।୧୩୦
ସତ୍ୟେ ବ୍ରହ୍ମାଙ୍କୁ କଲୁ ଜାତ । ସତ୍ୟ ସ୍ୱରୂପ ତୁ ଅଚ୍ୟୁତ ।।୧୩୧

ସତ୍ୟେ ତୁ ପାଳୁ ବସୁନ୍ଧରୀ । ତୋ'ର ଭିଆଣ ନରହରି ।।୧୩୨
ସତ୍ୟର ହେଉ ତୁହି ସତ୍ୟ । ସତ୍ୟ ବଚନ ସତ୍ୟନେତ୍ର ।।୧୩୩
ସତ୍ୟେ ତୋହର ଆତଯାତ । ଆମ୍ଭେ ଜାଣିଲୁ ତୋ'ର ସତ୍ୟ ।।୧୩୪
ତୋ'ର ଏ ସଞ୍ଚଲା ଶୟନ । ଦୁଷ୍ଟ ନିବାରି ସନ୍ଥ ପାଳ ।।୧୩୫
ଅସାଧୁ ମାରି ସତ୍ୟପାଳ । ତୋହର ଶରଣ ସକଳ ।।୧୩୬
ସଂସାର ମଧେ ଦେହବୃକ୍ଷେ । ଏଥେ ତୁ ମିଳିଲୁ ପ୍ରତ୍ୟକ୍ଷେ ।।୧୩୭
ବୃକ୍ଷର ଯେତେ ଗୁଣମାନ । ଶରୀରେ ତୋହର ଭିଆଣ ।।୧୩୮
ଏକଇ ବୃକ୍ଷ ବେନିଫଳ । ଚତୁର ରସ ତିନିମୂଳ ।।୧୩୯
ପଞ୍ଚ ଶିକଡ଼ ତଳେ ଗଣ୍ଠି । ଆତ୍ମା ଏହାର ଷଡ଼ଗୋଟି ।।୧୪୦
ସାତ ବକଳ ଦେହେ ଜଡ଼ି । ଅଷ୍ଟମ ଡାଳେ ଛନ୍ତି ବେଢ଼ି ।।୧୪୧
ଗଣ୍ଠି ସ୍ୱଭାବେ ନବନେତ୍ର । ବିସ୍ତାର ହୋଇ ଦଶପତ୍ର ।।୧୪୨
ଉପରେ ଛନ୍ତି ବେନି ପକ୍ଷୀ । ଏମନ୍ତ ବୃକ୍ଷ ଦେହେ ଲକ୍ଷି ।।୧୪୩
ମୁନି ବୋଲନ୍ତି ରାୟେ ଶୁଣ । ଦେହେ କହିବା ବୃକ୍ଷଗୁଣ ।।୧୪୪
ବୃକ୍ଷର ପ୍ରାୟେ ଦେହ ଏକ । ଫଳ ଯୋଡ଼ିଏ ଦୁଃଖସୁଖ ।।୧୪୫
ତାମସ ରଜ ସତ୍ତ୍ୱ ଗୁଣ । ଏହାର ମୂଳଟି ପ୍ରମାଣ ।।୧୪୬
ଧର୍ମ ସମ୍ପଦ କାମ ମୋକ୍ଷ । ଏ ଚାରି ରସଟି ପ୍ରତ୍ୟକ୍ଷ ।।୧୪୭
ଶବଦ ରୂପ ରସ ଗନ୍ଧ । ସ୍ପରଶ ପଞ୍ଚମୂଳ ଛନ୍ଦ ।।୧୪୮
ଜନ୍ମ ହୋଇଣ ଦେହ ବହି । ବାଳୁତ ରୂପେଣ ବଢ଼ଇ ।।୧୪୯
ତରୁଣ ବୃଦ୍ଧ କ୍ଷୟ ମୃତ୍ୟୁ । ଆତ୍ମବିକାର ଷଡ଼ ହେତୁ ।।୧୫୦
ଚର୍ମ ଶୋଣିତ ମାଂସ ମେଦ । ଅସ୍ଥି ମଜ୍ଜା ଯେ ଶୁକ୍ର ଛନ୍ଦ ।।୧୫୧
ସପତ ବକଳ ଏହାର । ମୁନି କହନ୍ତି ଜ୍ଞାନସାର ।।୧୫୨
ଭୂଜଳ ଅନଳ ସମୀର । ଖ ମନ ବୁଦ୍ଧି ଅହଙ୍କାର ।।୧୫୩
ଏ ଅଷ୍ଟଡାଳଟି ଏହାର । ନବମ ଛିଦ୍ର ନବଦ୍ୱାର ।।୧୫୪
ଦଶ ଇନ୍ଦ୍ରିୟ ପତ୍ର ଲେଖି । ଜୀବ ପରମ ବେନି ପକ୍ଷୀ ।।୧୫୫
ଏମନ୍ତ ବୃକ୍ଷ ରୂପ ବହି । ଭାରା ଉଶ୍ୱାସି ରଖ ମହୀ ।।୧୫୬
ଜଗତ ତୋର ତହୁଁ ଜାତ । ଲୟ ପାଳନ ଜଗନ୍ନାଥ ।।୧୫୭
ତୋର ମାୟାରେ ମୂର୍ଖ ଜନ । ଆତ୍ମାକୁ ଦେଖନ୍ତି ସେ ଭିନ୍ନ ।।୧୫୮
ଜ୍ଞାନୀଏ ଦେଖନ୍ତି ସେ ଏକ । ମାୟାରେ ଦିଶୁ ତୁ ଅନେକ ।।୧୫୯
ତୁ ଏ ସଂସାର ଦୁଃଖନାଶେ । ଶରୀର ବହୁ ନାନା ଅଂଶେ ।।୧୬୦
ସାଧୁଙ୍କୁ ଦିଶୁ ତୁ ନିର୍ମଳ । ଖଳଲୋଚନେ ଯେହ୍ନେ କାଳ ।।୧୬୧
ଯେ ତୋ'ର ପାଦେ ପଦ୍ମନାଭ । କରନ୍ତି ଆତ୍ମଜ୍ଞାନେ ଭାବ ।।୧୬୨
ତୋହର ନାମ ନାବ କରି । ହେଳେ ତରନ୍ତି ଭବବାରି ।।୧୬୩
ଭୋ ନାଥ କମଳଲୋଚନ । ମାୟାରେ ମୋହୁ ପ୍ରାଣୀ ମନ ।।୧୬୪
ଯେ ତୋ'ର ନାମ ନ ଭଜନ୍ତି । ମାୟାପଟଳେ ବଣା ହୋନ୍ତି ।।୧୬୫
ତୀର୍ଥସେବନ-ଦାନ-ତପେ । ତରିଲୁ ବୋଲୁଥା'ନ୍ତି ଆପେ ।।୧୬୬
କରନ୍ତି ସିଦ୍ଧଙ୍କ ଉପାୟେ । ଭେଦନ୍ତି ବ୍ରହ୍ମଲୋକ ଯାଏ ।।୧୬୭
ତୋ'ପାଦେ ନ କରି ଆଦର । ହୃଦେ ବହନ୍ତି ଅହଙ୍କାର ।।୧୬୮
ତହୁଁ ପଡ଼ନ୍ତି ଦେହ ଘେନି । ଜନ୍ମ ହୁଅନ୍ତି ନାନା ଯୋନି ।।୧୬୯
ଯେ ତୋ'ର ତହିଁ ମିତ୍ରପଣେ । ଚିତ୍ତ ଖଟାନ୍ତି ଅନୁକ୍ଷଣେ ।।୧୭୦
ନିର୍ଭୟେ ଭ୍ରମନ୍ତି ସଂସାରେ । ନୃତ୍ୟ କରନ୍ତି ଜମ ଶିରେ ।।୧୭୧
ସତ-ନିର୍ମଳ-ଗୁଣ ଧରୁ । ଭକ୍ତଙ୍କ ପାଇଁ ଅବତରୁ ।।୧୭୨
ତପ-ସମାଧି-ଯୋଗ-କ୍ରିୟା । ବେଦେ କହନ୍ତି ମୁନି ଯାହା ।।୧୭୩
ତୋ ଆରାଧନୁଁ ନାହିଁ ଆନ । ତୁ ପୂରିଅଛୁ ସ୍ଥଳ ଶୂନ୍ୟ ।।୧୭୪
ତୁ ଯେବେ ନୋହିବୁ ଜଗତେ । ଅଜ୍ଞାନ ନାଶିବୁ କେମନ୍ତେ ।।୧୭୫
ଯେ ତୋତେ ଯେମନ୍ତ ଚିନ୍ତଇ । ଗୁଣ ପ୍ରକାଶୁ ଦେହ ବହି ।।୧୭୬
ତୋହର ଗୁଣ-କର୍ମମାନ । ସଂଖ୍ୟା କେ କରୁ ଭଗବାନ ।।୧୭୭
ମନ-ବଚନେ ହେଁ ନ ଜାଣି । କେବଳ ବେଦେ ପରିମାଣି ।।୧୭୮
ଶ୍ରବଣେ ତୋ'ର ନାମ ଶୁଣି । ତୋ ରୂପ ହୃଦେ ପରିମାଣି ।।୧୭୯
ତୋ'ପାଦପୂଜାର ବିଧାନ । ଏଣେ ଯେ ହୋନ୍ତି ସାବଧାନ ।।୧୮୦
ଜନ୍ମ ମରଣ ତାଙ୍କ ନାହିଁ । ଏମନ୍ତ ପ୍ରଭୁ ଭାବଗ୍ରାହୀ ।।୧୮୧
ତୋହର ପାଦୁଁ ଜାତ ମହୀ । ତା' ଦୁଃଖ ନ ପାରିଲୁ ସହି ।।୧୮୨
ତୋହର ପାଦରଜ ଦେଇ । ଉଶ୍ୱାସ କର ନାଥ ମହୀ ।।୧୮୩
ସ୍ୱର୍ଗେ ପଶିବୁ ପଦ୍ମନାଭ । ତହିଁ ଦେଖିବୁ ତୋ'ର ଭାବ ।।୧୮୪
ଏ ତୋ'ର ଦେହବନ୍ତ ପଣ । ଏବେ ଜାଣିଲୁ ନାରାୟଣ ।।୧୮୫
ମନୁଷ୍ୟ ଲୀଳାର ଯେ ଭାବ । ଯା'ରୂପ ନ ଜାଣନ୍ତି ଦେବ ।।୧୮୬
ମତ୍ସ୍ୟ କଚ୍ଛପ ନରସିଂହ । କୋଳ ବାମନ ହଂସ ହୟ ।।୧୮୭
ରାଜନ ଋଷିଦେବ ବଂଶେ । ଜନ୍ମ ତୁ ହେଉ ଯୋଗଅଂଶେ ।।୧୮୮
ତିନି-ଭୁବନେ ଦୁଃଖ ନାଶି । ଆମ୍ଭଙ୍କୁ ପାଳୁ ବ୍ରହ୍ମରାଶି ।।୧୮୯
ଅବନୀ ଭାରା ଏବେ ହର । ଭୋ ନାଥ ଶରଣ ତୋହର ।।୧୯୦
ଏମନ୍ତେ ପାହିଲା ରଜନୀ । ଦେବକୀ ମୁଖ ଚାହିଁ ଭଣି ।।୧୯୧
ତୋ'ର ଉଦରେ ଜଗନ୍ନାଥ । ଜଗତ ରଖିବେ ତୋ'ସୁତ ।।୧୯୨
ଶୁଦ୍ଧ ଚୈତନ୍ୟ ରୂପ ଘେନି । ପ୍ରକାଶ ହୋଇବେ ମେଦିନୀ ।।୧୯୩

କଂସର ଭୟ ଛାଡ଼ ଆଇ । ଯାହାର ନାମେ ଦୁଃଖ ନାହିଁ ।।୧୯୪
ଅରୁଣ ତେଜ ପ୍ରକାଶିଲା । ଦେବଙ୍କୁ ଉଚ୍ଛାଟ ଲାଗିଲା ।।୧୯୫
ବ୍ରହ୍ମାଶଙ୍କର ଆଗେ କରି । ଦେବେ ଚଳିଲେ ଯେଝାପୁରୀ ।।୧୯୬
ଶ୍ରୀହରି-ଚରଣେ ମୋ’ଚିତ୍ତ । ସୁଜନ ହିତେ କଲି ଗୀତ ।।୧୯୭
ଦଶମସ୍କନ୍ଧେ ହରିବାଣୀ । ଶୁଣି ନିର୍ମଳ ହୁଅ ପ୍ରାଣୀ ।।୧୯୮
ପୁରାଣ କଲି ଗୀତ ରସ । କହଇ ଜଗନ୍ନାଥ ଦାସ ।।୧୯୯

*ଇତି ଶ୍ରୀମଦ୍‌ଭାଗବତେ ମହାପୁରାଣେ ପାରମହଂସ୍ୟାଂ ସଂହିତାୟାଂ ଦଶମସ୍କନ୍ଧେ ପୂର୍ବାର୍ଦ୍ଧେ ଗର୍ଭଗତ ବିଷ୍ଣୋ ବ୍ରହ୍ମାଦି କୃତ ସ୍ତୁତିର୍ନାମ ତୃତୀୟୋଽଧ୍ୟାୟଃ*

## ଚତୁର୍ଥ ଅଧ୍ୟାୟ

କହନ୍ତି ଶୁକମୁନି ହସି । କୃଷ୍ଣ ଚରିତ ପରଶଂସି ।।୧
ପରୀକ୍ଷ ମୁଖକୁ ଚାହିଁଲେ । ଆନନ୍ଦେ ଲୋଚନ ବୁଜିଲେ ।।୨
ସମାଧି କରି ଯୋଗଧାୟି । କୃଷ୍ଣ ପ୍ରସନ୍ନ ଲେଶ ପାଇ ।।୩
ପୁଣି କ୍ଷଣକେ ଚକ୍ଷୁ ଫେଇ । ହସି କହନ୍ତି ରାଜା ଚାହିଁ ।।୪

### ଶୁକ ଉବାଚ

ଶୁଣ ହୋ ଶ୍ରୀକୃଷ୍ଣର ଜନ୍ମ । ଯେଣେ ଖଣ୍ଡିବ ଭବଭ୍ରମ ।।୫
ଦେବକୀ ଦେବଗଣ ଦେଖି । ମନେ ବିଚାରେ ଶଶୀମୁଖୀ ।।୬
ମୁଁ ଅଟେ ମାନୁଷ ଯୁବତୀ । ଦେବେ କରନ୍ତି ମୋତେ ସ୍ତୁତି ।।୭
କି ଅବା ଉଦରେ ମୋହର । ବିଜୟ କଲେ ଚକ୍ରଧର ।।୮
ଯାଦବକୁଳ ନିସ୍ତାରଣେ । ପାପିଷ୍ଠ କଂସର ମରଣେ ।।୯
ଦେବଙ୍କ ଛଳେ ଅବତାର । ନାଶିବେ ଅବନୀର ଭାର ।।୧୦
ଏତେ ବିଚାରି ମହାମାୟା । କ୍ଷଣକେ ପାସୋରିଲା ତାହା ।।୧୧
ଯୋଗମାୟାର ଯୋଗବଳେ । ବିଷୟାରସ କାମଭୋଳେ ।।୧୨
ସୁତ ଲାଳସା ପରିବନ୍ଧେ । ତ୍ରିଗୁଣ ଭେଦ କୂଟଛନ୍ଦେ ।।୧୩
ମନ ମୋହିଲା ରାଜସୁତା । ନ ଜାଣେ ଗର୍ଭର ବ୍ୟବସ୍ଥା ।।୧୪
ମନୁଷ୍ୟ ଜନ୍ମର ସ୍ୱଭାବ । ଦେଖଇ ପତିବ୍ରତା ଗର୍ଭ ।।୧୫
ତଥ୍ୟ ନ କଲେ ରୂପ ହେଜି । କ୍ଷଣ କ୍ଷଣକେ ଚକ୍ଷୁ ବୁଜି ।।୧୬
ଶୁଖିଲା ଅଧର ଦଶନ । ଫିଟିଲା କଟୀ ପହରଣ ।।୧୭
ଶୁଖିଲା ପ୍ରାୟେ ବିମ୍ବାଧର । କମ୍ପିତ ମୁଖ ଭୁଜ ଉର ।।୧୮
ନାଭି ଲେଉଟି ଦିଶେ ଝଳି । ଟାଙ୍କୋରେ ତନୁ ରୋମାବଳୀ ।।୧୯
କ୍ଷଣ କ୍ଷଣକେ ଯୋଗନିଦ୍ରା । ଛାଡ଼ିଲା ସୁଖ ଭୋଗ ସୁଧା ।।୨୦
ନିବିଡ଼େ ଅବନୀ ଶୟନ । କ୍ଷଣେ ମଳୟ ହୁତାଶନ ।।୨୧
ତପତ ନିଃଶ୍ୱାସ ସମୀର । କର ଚରଣ ଥରହର ।।୨୨
କୋମଳପତ୍ର ଶଯ୍ୟା ଆଶେ । ମଳୟ ଚନ୍ଦନ ପ୍ରକାଶେ ।।୨୩
ସକଳ ସୁଖଭୋଗ ମାନ । କରାନ୍ତି ପ୍ରଭୁ ଭଗବାନ ।।୨୪
ଯେ ହେବ ଗୋବିନ୍ଦର ଆଇ । ତାହାର ପାପ-ବାଧା କାହିଁ ।।୨୫
ବିଚାର କରେ ଦେବୀ ମନେ । ଏ ଗର୍ଭ ସହିବି କେସନେ ।।୨୬
ଛ ବେଳ ହେଲା ପରିହାର । ଏବେ ମୋ ପ୍ରକୃତି ଅନ୍ତର ।।୨୭
କି ଅବା କାଳଆଶ୍ରେ ମୋତେ । ଜୀବନ ହରିବ ଯୁଗତେ ।।୨୮
ଏମନ୍ତେ ଦିବାରାତ୍ର ବସି । ମନେ ଭାଳଇ ଶୁଭ୍ରକେଶୀ ।।୨୯
ଏମନ୍ତେ ଦୁଃଖ ସୁଖ ମନେ । ଦିନ ହରଇ ମନଛନ୍ନେ ।।୩୦
ଶୁଭେ ହୋଇଲା ଅଷ୍ଟମାସ । ପୃଥ୍ୱୀ ମଣ୍ଡିବେ ଶ୍ରୀନିବାସ ।।୩୧
ଶରଦ ହେମନ୍ତ ଅନ୍ତରେ । ବସନ୍ତ ଗ୍ରୀଷମ ବେଭାରେ ।।୩୨
ସୂର୍ଯ୍ୟଙ୍କ ତହୁଁ ଷଡ଼ଋତୁ । ପ୍ରକାଶ ଜନସୁଖ ହେତୁ ।।୩୩
ଋତୁଙ୍କ ମଧେ ଶ୍ରେଷ୍ଠବଳ । ସଂପୂର୍ଣ୍ଣ ବରଷାର କାଳ ।।୩୪
ଭାଦ୍ରବ ମାସ କୃଷ୍ଣପକ୍ଷେ । ସକଳ ଗ୍ରହେ ଛନ୍ତି ଉଚ୍ଚେ ।।୩୫
ଅଷ୍ଟମୀ ନିଶା ଅର୍ଦ୍ଧଭାଗେ । ରୋହିଣୀ ନକ୍ଷତ୍ର ସଂଯୋଗେ ।।୩୬
ବୃଷ ରାଶିରେ ନିଶାକର । ନକ୍ଷତ୍ର ଗ୍ରହେ ବଳୀୟାର ।।୩୭
ଗଭୀର ଘୋର ମେଘ ଘୋଷ । ବର୍ଗ ଉତ୍ତମ ନବଅଂଶ ।।୩୮
ଏହି ସମୟେ ସୁରରାୟେ । ଆକାଶେ ଉତ୍ସବ କରାଏ ।।୩୯
ଦୁନ୍ଦୁଭି-ବାଦ୍ୟ-ନାଦ ହେରି । ରଙ୍ଗେ ନାଚନ୍ତି ଅପସରୀ ।।୪୦
ଦେବେ କରନ୍ତି ପୁଷ୍ପବୃଷ୍ଟି । ଖଣ୍ଡିବେ ଗୋବିନ୍ଦ ଅରିଷ୍ଟି ।।୪୧
ଇନ୍ଦ୍ର ପବନକୁ ହକାରି । ବୋଲଇ ଯାଅ ମଧୁପୁରୀ ।।୪୨
ତୋହର ଗନ୍ଧ ଗୁଣ ଘେନି । ଆନନ୍ଦେ ବହିବୁ ମେଦିନୀ ।।୪୩
କଂସର ବନ୍ଦୀଘରେ ଯାଇ । ବହିବୁ ମଳୟ ପୁରାଇ ।।୪୪
ଦିଗେ ଦିଶନ୍ତୁ ପରିମଳ । ବହିବୁ ସୁଗନ୍ଧ ଶୀତଳ ।।୪୫
ଇନ୍ଦ୍ରର ଆଜ୍ଞା ପାଇ ବେଗେ । ସମୀର ଚଳିଗଲା ଆଗେ ।।୪୬
ପବନ ଗଲା ମଧୁପୁରେ । ବହେ ସୁଗନ୍ଧ ରସଭରେ ।।୪୭
ନିର୍ମଳ ଦିଶିଲା ଗଗନ । ମହୀ ମଙ୍ଗଳ ବିଦ୍ୟମାନ ।।୪୮

ଗ୍ରାମ ପାଟଣା ପୁର ଘୋଷ । ମଙ୍ଗଳ ବାଦ୍ୟେ ଗୀତ ରସ ।।୪୯
ନଦୀଏ ଉଛୁଳିଲେ ଜଳେ । ପକ୍ଷୀଙ୍କ ନାଦ ବୃକ୍ଷଡ଼ାଳେ ।।୫୦
ସ୍ତବକ ପୁଷ୍ପ ବନେ ଫୁଟି । ବାସ ପ୍ରସରଇ ପ୍ରକଟି ।।୫୧
ବିପ୍ରେ ମଙ୍ଗଳ ବେଦନାଦେ । ଅନଳେ କ୍ଷେପନ୍ତି ସମିଧେ ।।୫୨
ଆନନ୍ଦ ହେଉଅଛି ମହୀ । କୃଷ୍ଣ ଜନ୍ମିବେ ଦେହ ବହି ।।୫୩
ବଥାଏ ଦେବକୀ ଉଦର । ସ୍ୱାମୀଙ୍କି ବୋଲନ୍ତି ଉତ୍ତର ।।୫୪
ଭୋ ନାଥ ଚିନ୍ତ ନାରାୟଣ । କେ ସହୁ ଗର୍ଭର କଷଣ ।।୫୫
ଶୁଣି ବସୁଦେବ ଉଠିଲା । ଦେବକୀ କଙ୍କାଳ ଧଇଲା ।।୫୬
ଆବୋରି ଗୋବିନ୍ଦ ସୁମରି । ଭୟେ ଚିନ୍ତଇ ନରହରି ।।୫୭
ଆକାଶେ ଉଦେ ନିଶାକର । ଦେବକୀ ଉଦରୁ ବାହାର ।।୫୮
ନୀଳ-ଜୀମୂତ ଦେହ କାନ୍ତି । ବଳୟ ମଣି ଝଟକନ୍ତି ।।୫୯
ପୀତବସନ କଟୀ ଶୋହେ । ରୂପେ କୋଟିଏ କାମ ମୋହେ ।।୬୦
କଟୀ-ମେଖଳା ସୁନା-ସୂତା । ଉତ୍ତରୀ ସୁବର୍ଣ୍ଣ ପଇତା ।।୬୧
କିରୀଟ କୁଣ୍ଡଳ କଙ୍କଣ । ପାଦେ ନୂପୁର ରୁଣଝୁଣ ।।୬୨
ଦିଶଇ ଶଙ୍ଖ ଚକ୍ର ତେଜ । ମର୍କତ ସ୍ତମ୍ଭ ଚାରିଭୁଜ ।।୬୩
ଗଦା କମଳ ଶଙ୍ଖଚକ୍ର । ଅଧର ଓଷ୍ଠ ରଙ୍ଗ ରେଖ ।।୬୪
ଶ୍ରୀବତ୍ସ ଚିହ୍ନ ହୃଦେ ଶୋହେ । ରତ୍ନପାଦୁକା ବେନି ପାୟେ ।।୬୫
ଅପୂର୍ବ ରୂପେ ଯୋଗେଶ୍ୱର । ଦେବ ମାନବେ ଅଗୋଚର ।।୬୬
ଦେବକୀ ପ୍ରସବିଣ ସୁତ । ଶ୍ରମେ ହୋଇଲା ମୋହଗତ ।।୬୭
ପଛେ ଯେ ବସୁଦେବ ଥିଲା । କୃଷ୍ଣ ରୂପକୁ ଅନାଇଲା ।।୬୮
ସ୍ଥିରେ ଚାହିଁଲା ବସୁଦେବ । ଦେଖିଲା ଅନାଦି ମାଧବ ।।୬୯
କ୍ଷଣେ ରହିଲା ସ୍ଥିର ହୋଇ । କୃଷ୍ଣଙ୍କୁ ଚାହିଁ ବିଚାରଇ ।।୭୦
କୃଷ୍ଣ ହରିଲେ ପିତା ଜ୍ଞାନ । ଚକିତେ ବିଚାରଇ ମନ ।।୭୧
ମନରେ ଗଙ୍ଗାସ୍ନାନ କଲା । ଅୟୁତେ ଧେନୁ ଉତ୍ସର୍ଗିଲା ।।୭୨
ଏ ପୁତ୍ରେ କଂସ ନ ମାଇଲେ । ଦେବଙ୍କଁ ଅଳଙ୍କାର ତୁଲେ ।।୭୩
ଏ ପୁତ୍ର ନମଲେ ମୋହର । ପୂଜିବି ବିପ୍ରଙ୍କ ପୟର ।।୭୪
ଚାହିଁଲା ଗୋବିନ୍ଦ ବଦନ । ପୁଣି ପାଇଲା ଦିବ୍ୟଜ୍ଞାନ ।।୭୫
ଭୟେ କମ୍ପଇ ତା'ଶରୀର । ଏ ତ ଅନାଦି ଚକ୍ରଧର ।।୭୬
ମୁ ଛାର ମନୁଷ୍ୟ ଅଧମ । କିପାଁ ଏ ହୋଇଲା ପ୍ରସନ୍ନ ।।୭୭
କି ବୁଦ୍ଧି କରିବଇଁ ମୁହିଁ । କଂସକୁ ଡରେ ମୋର ଦେହୀ ।।୭୮
ବୋଲଇ ବସୁଦେବ ଶୋକେ । ଏ କିମ୍ପା ଜାତ ମର୍ତ୍ତ୍ୟଲୋକେ ।।୭୯
ତେଜେ ଉଜ୍ଜ୍ୱଳ ବନ୍ଦୀଘର । ତିଳେ ହେଁ ନଦିଶେ ଅନ୍ଧାର ।।୮୦
କର ଅଞ୍ଜଳି ଶିରେ ଦେଇ । ସ୍ତୁତି କରଇ କୃଷ୍ଣ ଚାହିଁ ।।୮୧

## ବସୁଦେବ ଉବାଚ

ତୋହର ଆଦି ଅନ୍ତ ନାହିଁ । ପ୍ରକୃତି ତୋତେ ନଲାଗଇ ।।୮୨
କେବଳ ସୂକ୍ଷ୍ମ ରୂପେ ଶୂନ୍ୟ । ମୁନିଙ୍କ ଚିପେ ଜ୍ଞାନଗମ୍ୟ ।।୮୩
ତୋହର ମାୟାରେ ଜଗତ । ମହତ ଆଦି ପଞ୍ଚଭୂତ ।।୮୪
ତହିଁରେ ନୋହୁ ତୁ ପ୍ରବେଶ । ପ୍ରବେଶ ପ୍ରାୟ ତୋ' ପ୍ରକାଶ ।।୮୫
ବାହାର ଭିତରେ ଅନନ୍ତ । ସୃଷ୍ଟି କରୁ ତୁ ଆତଯାତ ।।୮୬
ବୁଦ୍ଧି ଲକ୍ଷଣ ଗୁଣ ଘେନି । ତୋତେ ଚିନ୍ତନ୍ତି ଆତ୍ମଜ୍ଞାନୀ ।।୮୭
କାହୁଁ ଦେଖିବେ ଦେହବନ୍ତ । ତୁ ଦେବ ଅନାଦି ଅଚ୍ୟୁତ ।।୮୮
ଜଗତ ତୋ'ର ତହୁଁ ଜାତ । ପାଳିଣ ପୁଣି କରୁ ଅନ୍ତ ।।୮୯
ଜଗତ ଉପୁଜିବା କାଳେ । ଅରୁଣ ବର୍ଣ୍ଣ ହେଉ ବେଳେ ।।୯୦
ପାଳିବା କାଳେ ଶୁକ୍ଳବର୍ଣ୍ଣ । ଜଗତେ ବୋଲାଉ ତୁ ଧର୍ମ ।।୯୧
ସଂହାର କାଳେ କୃଷ୍ଣରୂପ । ତୋର ବିହାର ମୋହକଳ୍ପ ।।୯୨
ତୁ ଏବେ ମୋରଘରେ ନାଥ । ଅଂଶେ ହୋଇଲୁ ଦେହବନ୍ତ ।।୯୩
ଜାଣିଲି ଯେତେକ ଅସୁର । ମାରି କରିବୁ ମହୀ ସ୍ଥିର ।।୯୪
ତୋ'ର ଜନମ ମୋ'ର ଘରେ । ଶୁଣିଣ କଂସ କୋପଭରେ ।।୯୫
ଛ ପୁତ୍ର ମାଇଲା ମୋହର । ତୁ କି ନ ଜାଣୁ ଚକ୍ରଧର ।।୯୬
ପ୍ରହରୀମାନେ ଜଗିଛନ୍ତି । ଶୁଣିବେ ବୋଲି ମନେ ଭୀତି ।।୯୭
କଂସକୁ କହିବେ ତୁରିତେ । ସେ ଆସି ମାରିବଟି ତୋତେ ।।୯୮
ତୋତେ ହୋ ତୁହି ରକ୍ଷାକର । ମୁଁ ଛାର ମନୁଷ୍ୟ ମାତର ।।୯୯
ଏମନ୍ତେ ଗଡ଼ଘାଲି ଶୋଇ । କମ୍ପଇ କୃଷ୍ଣ ମୁଖ ଚାହିଁ ।।୧୦୦
ଶୀତଳ ବହଇ ପବନ । ଦେବକୀ ପାଇଲା ଚେତନ ।।୧୦୧
ଚକ୍ଷୁ ଫେଇଣ ଚାହେଁ ଧୀରେ । ଯେହ୍ନେ ଉଦୟ ଦିନକରେ ।।୧୦୨
ଚାହିଁଲା ପୁତ୍ରର ବଦନ । ଚକିତେ ହୋଇ ଛନ୍ନଛନ୍ନ ।।୧୦୩
ଅପୂର୍ବ କାହୁଁ ଏ ଅଇଲା । ଜଗତେ ନାହିଁ ନା ଦେଖିଲା ।।୧୦୪
ଏ ତ ପୁରୁଷଙ୍କ ଉତ୍ତମ । କି ଅବା ପ୍ରଭୁ ଭଗବାନ ।।୧୦୫
ପୂର୍ଣ୍ଣ ଆନନ୍ଦ ଜ୍ଞାନମୟ । ଦେଖି ପାଇଲା ଦେବୀ ଭୟ ।।୧୦୬
ବିକଳେ ବେନିକର ଯୋଡ଼ି । ହା କୃଷ୍ଣ ବୋଲି ପାୟେ ପଡ଼ି ।।୧୦୭
ଚପଳ ମନ କରି ସ୍ଥିର । ଦେବକୀ ବୋଲଇ ଉତ୍ତର ।।୧୦୮

## ଦେବକୀ ଉବାଚ

ଭୋ ନାଥ ନିସ୍ତରିଲି ମୁହିଁ । ତୋହର ଆଦି ଅନ୍ତ ନାହିଁ ।।୧୦୯
ମନ ବଚନେ ହେଁ ନ ପାଇ । ପ୍ରସନ୍ନ ହୁଅ ମୋତେ ତୁହି ।।୧୧୦
ଜ୍ୟୋତିସ୍ୱରୂପ ନିରଞ୍ଜନ । ନିର୍ମଳ ପୁଣ୍ୟ ଦିବ୍ୟଜ୍ଞାନ ।।୧୧୧
ଦେବେ ଗୋଚର ନୋହେ ଯେହୁ । ଅଧ୍ୟାତ୍ମଦୀପ ମହାବାହୁ ।।୧୧୨
ବ୍ରହ୍ମାର ଅନ୍ତେ ମହୀ ନାଶେ । ବ୍ରହ୍ମାଣ୍ଡ ଲୁଚନ୍ତି ଆକାଶେ ।।୧୧୩
ମନର ମୂଳେ ପଞ୍ଚଭୂତେ । ତୋହର ଦେହେ ଲୀନହୋନ୍ତେ ।।୧୧୪
ରବି ଶଶାଙ୍କ ନାହିଁ କେହି । ତୁ ମାତ୍ର ରହୁ ଶେଷ ହୋଇ ।।୧୧୫
ନିମିଷ ଆଦି ଯେଉଁ କାଳ । ତୋହର ଚେଷ୍ଟା ଅନ୍ତରାଳ ।।୧୧୬
ଏ ମର୍ତ୍ତ୍ୟେ ମୃତ୍ୟୁସର୍ପ ରୂପେ । ଦଂଶିବ ବୋଲି ମହାକୋପେ ।।୧୧୭
ଦେଖଇଁ ପ୍ରାଣୀଙ୍କି ନିରତ । କରଇ କ୍ଷଣେ କ୍ଷଣେ ଗ୍ରସ୍ତ ।।୧୧୮
ଶରଣ ତୋ'ର ପାଦେ ଯେହୁ । ସେ ମୃତ୍ୟୁ ପାଇବଟି କାହୁଁ ।।୧୧୯
ବାହୁଡ଼ି ହୋଏ ଯେ ନିରାଶ । ସେ ପ୍ରାଣୀ ରହେ ତୋ'ର ପାଶ ।।୧୨୦
ତୁ ଏବେ ହରି ରଖି ତୋତେ । କଂସକୁ ନ ଯାଇ ପରତେ ।।୧୨୧
ମୋର ଉଦରୁ ତୋ'ର ଜାତ । ଲୋକେ କରିବେ କାହୁଁ ସତ ।।୧୨୨
ତୋ' ରୂପ ନ ଜାଣନ୍ତି କେହି । କଂସକୁ ଡରେ ମୋର ଦେହୀ ।।୧୨୩
ଶୁଣି ବୋଲନ୍ତି ନାରାୟଣ । ଭୋ ତାତ ଶୁଣ ମୋ' ବଚନ ।।୧୨୪
ବ୍ରହ୍ମା ଯେ ସୃଷ୍ଟି ଭିଆଇଲା । ତୁମ୍ଭ ଦୁହିଁଙ୍କି ଜାତ କଲା ।।୧୨୫
ପୃଶ୍ନି ସୁତପା ନାମ ବହି । ଜନ୍ମ ହୋଇଲ ତୁମ୍ଭେ ଦୁଇ ।।୧୨୬
ତା'ର ଆଦେଶ ଘେନି ଶିରେ । ମିଳିଲ ଗହନ ବନରେ ।।୧୨୭
ଅନେକ ଦୁଃଖେ ତପ କରି । ଜଳ ପବନ ପତ୍ର ଚରି ।।୧୨୮
ବରଷା ଗ୍ରୀଷ୍ମ ଶୀତ ହିମେ । ଶ୍ୱାସ ନିରୋଧି ମହାଶ୍ରମେ ।।୧୨୯
ଶତେ ବରଷ ଦେବମତେ । ତପ ସାଧିଲ ଦୃଢ଼ଚିତ୍ତେ ।।୧୩୦
ନିରତେ କଲ ମୋତେ ଧ୍ୟାନ । ମୁଁ ପୁଣି ହୋଇଲି ପ୍ରସନ୍ନ ।।୧୩୧
ଆନନ୍ଦେ ଯାଚିଲି ମୁଁ ବର । ଜାଣିଲି ତୁମ୍ଭର ବିଚାର ।।୧୩୨
ମୋର ପ୍ରସନ୍ନ ଭାବ ଘେନି । ଭାବେ ବୋଇଲ ତୁମ୍ଭେ ବେନି ।।୧୩୩
ବୋଇଲ ଶୁଣ ଚକ୍ରଧର । ଆମ୍ଭର ହୋଇବ କୁମର ।।୧୩୪
ପ୍ରଥମେ ହୋଇଲି ମୁଁ ଜାତ । ନାମ ମୋ' ପୃଶ୍ନିଗର୍ଭ ଖ୍ୟାତ ।।୧୩୫
ଦ୍ୱିତୀୟେ କଶ୍ୟପ ଅଦିତି । ରୂପରେ ତୁମ୍ଭ ଉତପତ୍ତି ।।୧୩୬
ମୁଁ ପୁଣି ତୁମ୍ଭ ଗର୍ଭେ ଜାତ । ଉପେନ୍ଦ୍ର ବାମନ ବିଖ୍ୟାତ ।।୧୩୭
ମୋହର ନାମ ଭାବଗ୍ରାହୀ । ଜନ୍ମିଲି ପୁଣି ଦେହ ବହି ।।୧୩୮
ପୁତ୍ର ଲାଳସେ ପାଳି ମୋତେ । ପଶିବ ମୋ'ର ଦେହେ ଅନ୍ତେ ।।୧୩୯
ଦେବଙ୍କ ବଚନେ ମୁଁ ଜାତ । ଅସୁର କରିବି ନିପାତ ।।୧୪୦
ଆଉ କହିତେ ନାହିଁ ବେଳ । ମୋତେ ଘେନିଣ ବେଗେ ଚଳ ।।୧୪୧
ନନ୍ଦର ଘରେ ମୋତେ ଥୋଇ । କନ୍ୟାକୁ ଆଣ ପାଲଟାଇ ।।୧୪୨

## ଶୁକ ଉବାଚ

ଏମନ୍ତ କହି ନରହରି । ନରବାଳୁତ ରୂପ ଧରି ।।୧୪୩
ଗୋବିନ୍ଦ ଆଜ୍ଞା ଘେନି ଶିରେ । କୋଳେ ଧଇଲା ଛକ୍ରଧରେ ।।୧୪୪
ଘେନିଣ ଦେବ ଚକ୍ରଧର । ଭୟେଣ ହୋଏ ଥରହର ।।୧୪୫
ଶ୍ରୀକୃଷ୍ଣ ଆଜ୍ଞା ପରମାଣେ । କବାଟ ଫିଟିଲା ତକ୍ଷଣେ ।।୧୪୬
ଫିଟିଲା ପୟର ଶାଙ୍କୋଳି । ପଥ କଢ଼ାଇଲା ବିଜୁଳି ।।୧୪୭
କୋଳରେ ଘେନି ନାରାୟଣ । ବାହାର ହୋଏ ତତ୍‌କ୍ଷଣ ।।୧୪୮
ନିଦ୍ରାରେ ମୋହିତ ସକଳ । ବୃଷ୍ଟି କରନ୍ତି ମେଘମାଳ ।।୧୪୯
ତିନ୍ତିବା ଦେଖି ଜଗନ୍ନାଥ । ଫଣା ଉହାଡ଼ିଲା ଅନନ୍ତ ।।୧୫୦
ଯାଆନ୍ତେ କୃଷ୍ଣଙ୍କୁ ଘେନିଣ । ପଥେ ଓଗାଳେ ଉଗ୍ରସେନ ।।୧୫୧
ବୋଲଇ କାହିଁର ରେ ଚୋର । ନିଶାରେ ହୋଇଛୁ ବାହାର ।।୧୫୨
କଂସର ଜାଣିନାହୁଁ ବାନା । ଦେବଙ୍କ ଗର୍ବ କଲା ଚୂନା ।।୧୫୩
ମୁହିଁ ତାହାର ରିପୁ ମିତ୍ର । ଦେଖି ବୁଲଇ ରାତ୍ରେ ପଥ ।।୧୫୪
ଆଜ ହାଣିବି ତୋର ଶିର । ବନ୍ଧନ କରି ନେବି ଚୋର ।।୧୫୫
ଶୁଣି କମ୍ପଇ ବସୁଦେବ । ବିପତ୍ତି ଦେଲୁ ହା ଦଇବ ।।୧୫୬
ହା କୃଷ୍ଣ ବୋଲିଣ ବିକଳ । ନୟନୁ ବହେ ଅଶ୍ରୁଜଳ ।।୧୫୭
ବୋଲଇ ଉଗ୍ରସେନେ ଚାହିଁ । ପୁତ୍ରକୁ ନେଉଅଛି ମୁହିଁ ।।୧୫୮
ବୋଲଇ ଉଗ୍ରସେନ ବୀର । କାଲି ମାରିବ କଂସାସୁର ।।୧୫୯
ଯେତେ ବାଳକ ତୋ'ର ଜାତ । ସବୁଙ୍କୁ କରଇ ସେ ହତ ।।୧୬୦
ମୁଁ କେହ୍ନେ ଛାଡ଼ିଦେବି ପଥ । ଶୁଣିଲେ କୋପିବ ଦଇତ୍ୟ ।।୧୬୧
ଶୁଣି ଆରତ ବସୁଦେବ । ବିକଳେ ଚିନ୍ତଇ ମାଧବ ।।୧୬୨
କମ୍ପଇ ବସୁଦେବ କାୟେ । ବଚନ ନ କହଇ ଭୟେ ।।୧୬୩
ପିଅର ବିକଳ ଦେଖିଣ । ବୋଲନ୍ତି ପ୍ରଭୁ ନାରାୟଣ ।।୧୬୪
ଶୁଣ ହୋ ବୀର ଉଗ୍ରସେନ । ଆମ୍ଭେ ସେ ଦେବ ଭଗବାନ ।।୧୬୫
ଜନମ ହୋଇ ବନ୍ଦୀଘରେ । ଦେବକୀ ଦେବୀଙ୍କ ଉଦରେ ।।୧୬୬
ଏବେ ଯାଉଛୁ ଗୋପପୁର । ଏ କଥା ପ୍ରଘଟ ନ କର ।।୧୬୭
ଭାରା ଯେ ନ ସହଇ ମହୀ । ଉଶ୍ୱାସ କରିବଇଁ ମୁହିଁ ।।୧୬୮

ଶୁଣି ବୋଲଇ ଉଗ୍ରସେନ । ତୁ ଯେବେ ଦେବ ଭଗବାନ ।।୧୬୯
ଦେଖାଅ ଶଙ୍ଖଚକ୍ର ଚିହ୍ନ । ସଂପ୍ରତେ ଯିବ ମୋର ମନ ।।୧୭୦
ବେଦ ବଚନେ ଦେବମାନେ । କହନ୍ତି ଶାହାସ୍ତ୍ର ପୁରାଣେ ।।୧୭୧
ତୋହର ଚତୁର୍ଭୁଜ କର । ଦେଖାଅ ନିଜରୂପ ତୋ'ର ।।୧୭୨
ଭୃତ୍ୟର ତୋଷେ ଭାବଗ୍ରାହୀ । ଶଙ୍ଖଚକ୍ର ଚିହ୍ନ ଦେଖାଇ ।।୧୭୩
ଦେଖି ସାନନ୍ଦ ଉଗ୍ରସେନ । ଖଡଗ ପକାଇ ବହନ ।।୧୭୪
ବୋଲଇ ନିସ୍ତରିଲି ମୁହିଁ । ତୋ'ର ଶ୍ରୀମୁଖକୁ ଅନାଇଁ ।।୧୭୫
ଗୋପକୁ ଯିବ କିସ ଅର୍ଥେ । ମଥୁରା ନରହିଲ ଏଥେ ।।୧୭୬
ବୋଲନ୍ତି ଭକତବତ୍ସଳ । ଗୋକୁଳେ ସେବକ ମୋହର ।।୧୭୭
ଗୋପୀ ଅଛନ୍ତି ଷୋଳସସ୍ର । ସେ ଆମ୍ଭ ନିଜ ପ୍ରାଣ ଗାତ୍ର ।।୧୭୮
ଅଷ୍ଟମ ବରଷ ସଂପୂର୍ଣ୍ଣ । କଂସକୁ କରିବୁ ନିଧନ ।।୧୭୯
ତୋତେ ଦେବଇଁ ଅଇଶ୍ୱର୍ଯ୍ୟ । ଚିନ୍ତା ନ କର ଭୋଜରାଜ ।।୧୮୦
ଶୁଣି ସାନନ୍ଦ ଉଗ୍ରସେନ । ଚରଣେ କଲାକ ପ୍ରଣାମ ।।୧୮୧
ମୁଁ ତୋ'ର ଦାସର ସେବକ । ତେଣୁ ଦେଖିଲି ତୋ' ଶ୍ରୀମୁଖ ।।୧୮୨
ଅନେକମତେ ସ୍ତୁତି କରି । ପୁଣି ଚରଣ ତଳେ ପଡ଼ି ।।୧୮୩
ଶ୍ରୀମୁଖେ ତା'କୁ ଆଜ୍ଞା ଦେଲେ । ନୃପତି ହୋଇବୁ ବୋଇଲେ ।।୧୮୪
ସନ୍ତୋଷ ହୋଇ ନରହରି । ଉଗ୍ରସେନକୁ ଦେଲେ ଶାଢ଼ୀ ।।୧୮୫
ଦେଇ ବୋଲନ୍ତି ଦେବରାଜ । ଆଜହୁଁ ମଥୁରାରେ ରାଜ ।।୧୮୬
ଉଗ୍ରସେନକୁ ପୁଷ୍ପମାଳୀ । ହରଷେ କୃଷ୍ଣ ଦେଲେ ତୋଳି ।।୧୮୭
ପାଟେ ବାନ୍ଧିଲା ଉଗ୍ରସେନ । ବୋଲଇ ଯାଅ ଭଗବାନ ।।୧୮୮
ଆନନ୍ଦେ ପଥ ଛାଡ଼ିଦେଇ । ବୋଲଇ ନିସ୍ତରିଲି ମୁହିଁ ।।୧୮୯
ତହୁଁ ଚଳିଲେ ଚକ୍ରଧାରୀ । ପାଛୋଟି ଯାଏ ଦଣ୍ଡଧାରୀ ।।୧୯୦
ଏମନ୍ତେ କିଛି ଦୂର ଗଲା । ଆଜ୍ଞା ପାଇଣ ବାହୁଡ଼ିଲା ।।୧୯୧
ହରଷ ଚିତ୍ତେ ବସୁଦେବ । ହୃଦେ ଚିନ୍ତଇ ପଦ୍ମନାଭ ।।୧୯୨
ନଦୀର ତୀରେ ଯାଇ ମିଳି । ଦେଖିଲା ଯମୁନା ଉଚ୍ଛୁଳି ।।୧୯୩
ଯମର ବହେଣୀ ଯୁକତ । ଗଭୀର କେ କରିବ ଅନ୍ତ ।।୧୯୪
ବହଇ ଅତି ଖରତର । ଫେନ-ସ୍ରୋତରେ ଭୟଙ୍କର ।।୧୯୫
ନଦୀରେ ପଶିଲା ବହନ । କାତରେ ଅତି ଭୟମନ ।।୧୯୬
ନାସାରେ ପଶନ୍ତେଣ ପାଣି । ଶିରେ ବସାଇ ଚକ୍ରପାଣି ।।୧୯୭
ବୁଡ଼ିଣ ଯା'ନ୍ତେ ବସୁଦେବ । ହୃଦେ ଚିନ୍ତଇ ବାସୁଦେବ ।।୧୯୮
ହରି ସୁମରେ ଯହୁଁ ଖରେ । ଯମୁନା ଜାଣିଲା ନିର୍ଭରେ ।।୧୯୯
ମୋହର ସୌଭାଗ୍ୟ ହୋଇଲା । ମାଧବ ଏଥେ ବିହରିଲା ।।୨୦୦
ପୂର୍ବେ ମୋ' ଯେତେ ପାପ ଥିଲା । ଶ୍ରୀକୃଷ୍ଣ ଦର୍ଶନେ ଛାଡ଼ିଲା ।।୨୦୧
ନାନା ସ୍ତୁତିରେ ପାଦବନ୍ଦି । କୃତାର୍ଥ ହୋଇଲା କାଳିନ୍ଦୀ ।।୨୦୨
ତକ୍ଷଣେ ଜଳ ଛାଡ଼ିଗଲା । ଗୋଡ଼ ଝୁଣ୍ଟିଆଣି ହୋଇଲା ।।୨୦୩
ହରିଙ୍କି ଦେଖି ଭୟ କଲା । ବାଲିବନ୍ତରେ ବାଟ ଦେଲା ।।୨୦୪
ଚଳିଲେ ନଦୀ ପାର ହୋଇ । କୃଷ୍ଣଙ୍କୁ ହୃଦରେ ଲଗାଇ ।।୨୦୫
ମିଳିଲେ ଯାଇ ଗୋପପୁରେ । ସଭୟେ ନନ୍ଦର ମନ୍ଦିରେ ।।୨୦୬
ନିଦ୍ରା ମୋହିତ ସର୍ବଜନ । ଭୟେ ଚାହିଁଇ ଛନଛନ ।।୨୦୭
ପ୍ରସବ କରି ନନ୍ଦରାଣୀ । ଅଚେତେ ଶୟନ ଧରଣୀ ।।୨୦୮
ଅମ୍ବିକା ହୋଇଛନ୍ତି ଜାତ । ଜଗତ ନିଦ୍ରାରେ ମୋହିତ ।।୨୦୯
ଯଶୋଦା କୋଳେ କୃଷ୍ଣ ଥୋଇ । କନ୍ୟା ଆଣିଲା ପାଲଟାଇ ।।୨୧୦
ମିଳିଲା ଦେବକୀ ନିକଟ । ତକ୍ଷଣେ ପଡ଼ିଲା କବାଟ ।।୨୧୧
ଲାଗିଲା ଚରଣେ ଶାଙ୍କୋଳି । ଦୁହିତା ଛାଡ଼ିଲା ବୋବାଳି ।।୨୧୨
ହରି ଚରିତ ସୁଧାବାଣୀ । ଶୁଣି ନିର୍ମଳ ହୁଅ ପ୍ରାଣୀ ।।୨୧୩
ଶ୍ରୀକୃଷ୍ଣ ଜନ୍ମ ରସଭର । ଶୁଣି ସଂସାରୁ ହୁଅ ପାର ।।୨୧୪
ପରୀକ୍ଷେ କହେ ଶୁକମୁନି । ପୁରାଣ ରସଗୀତ ବାଣୀ ।।୨୧୫
ହରିଚରିତ ଭାଗବତ । କହଇ ଦାସ ଜଗନ୍ନାଥ ।।୨୧୬

*ଇତି ଶ୍ରୀମଦ୍‌ଭାଗବତେ ମହାପୁରାଣେ ପାରମହଂସ୍ୟାଂ ସଂହିତାୟାଂ*
*ଦଶମସ୍କନ୍ଧେ ପୂର୍ବାର୍ଦ୍ଧେ କୃଷ୍ଣଜନ୍ମନି ଚତୁର୍ଥୋଽଧ୍ୟାୟଃ ।।*

odia.org

ଓଡିଆ ଘର ଏବଂ ଓଷା ଉପାସ ପରସ୍ପର ଅଙ୍ଗାଙ୍ଗୀଭାବେ ଜଡିତ । କିନ୍ତୁ ଓଡିଶା ବାହାରେ ରହୁଥିବା ଓଡିଆ ମନଙ୍କର ଓଷା ଓ ବ୍ରତ ପାଳନ କରିବାକୁ ଇଛା ଥିଲେହେଁ, ପୁସ୍ତକର ଘୋର ଅଭାବ ଯୋଗୁଁ ଏ ସଂସ୍କୃତି ଲୁପ୍ତପ୍ରାୟ । ଏଣୁ ଏ ସମସ୍ତ ପୁସ୍ତକ ଯୋଗାଇବା ନିମନ୍ତେ ଏହା ଆମର ଏକ କ୍ଷୁଦ୍ର ପ୍ରଚେଷ୍ଟା ।

ଏଥିଯୋଗୁଁ ଓଷା ଓ ବ୍ରତ ପାଳନ କରିବାକୁ ଅନେକ ଓଡିଆ ଆଗଭର ହେବେ ଏବଂ ଆମର ସଂସ୍କୃତିର ସୁରକ୍ଷାଦିଗରେ ସତତ ଚେଷ୍ଟା କରିବେ । ଏହାହିଁ ଆମର କାମ୍ୟ ।

- ଓଡିଆ ଡଟ୍ ଅର୍ଗ ପରିବାର



ଆସନ୍ତୁ, ପାଦେ ଆଗେଇବା